୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK पर्यवेक्षक

Vol.27. No.69 Bhubaneswar Wednesday April 23 2025 | ୨୭ତମ ବର୍ଷ ସଂଖ୍ୟା-୬୯ ଭୁବନେଶ୍ୱର, ବୁଧବାର, ଅପ୍ରେଲ ୨୩, ୨୦୨୫ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

## ପାଣ୍ଡିଆନଙ୍କୁ ନେଇ ପୁଣି ଝଡ: ବବିଙ୍କ 'ଡିଜାଷ୍ଟର' ପ୍ଲାନ୍ , ବିବାଦରେ କୋର ଟିମ୍ ?





ଭୁବନେଶ୍ୱର,୨୨।୪(ପି.ଏନ): ବିଜେଡିରେ 'ପାଣ୍ଡିଆନ' ବିବାଦ ଥମିବାର ନାଁ ଧରୁନି । ଅଘୋଷିତ ସର୍ବ ?ସର୍ବା ଭିକେ ପାଣ୍ଡିଆନ ଆଉ ବିଜେଡି ବ୍ୟାପାରରେ ନାହାନ୍ତି ବୋଲି ଖୋଦ୍ ଦଳର ସୁପ୍ରିମୋ ନବୀନ ପଟ୍ଟନାୟକଙ୍କ ସ୍ପଷ୍ଟୀକରଣ ଦେବାପରେ ମଧ୍ୟ 'ପାଣ୍ଡିଆନ' ଏବେବି ବିଜେଡି ବେକରେ କଂଟା ସାଜିଛନ୍ତି । ସୋମବାର ଦଳର କୋରଟିମ୍ ସଦସ୍ୟମାନେ ନବୀନ ନିବାସରେ ନବୀନଙ୍କୁ ଭେଟି ପ୍ରାୟ ଏକଘଣ୍ଟା ଧରି ବିଭିନ୍ନ ପ୍ରସଙ୍ଗରେ ଖୋଲାଖୋଲି ଆଲୋଚ଼ନା କରିବା ପରୋକ୍ଷରେ ଦଳରେ ପୁଣିଥରେ ବିଶୃଙ୍ଖଳା ଓ ଅରାଜକତାର ମାହୋଲ ସୃଷ୍ଟିର କାରଣ ପାଲଟିଥିବା ଜଣାପଡିଛି । ନବୀନଙ୍କ ସହ ଆଲୋଚ଼ନାବେଳେ ଅଧିକାଂଶ ନେତା ସିଧାସଳଖ ପାଣ୍ଡିଆନଙ୍କ ଭୂମିକାକୁ ନେଇ ପ୍ରଶ୍ନ ଉଠାଇ ଦଳର ବିପର୍ଯ୍ୟୟ ପାଇଁ ତାଙ୍କୁ ଦୋଷ ଦେବାପରେ ଏହି କୋରଟିମ୍ ସଦସ୍ୟଙ୍କୁ ଏବେ ଆକ୍ରୋଶର ସାମ୍ନା କରିବାକୁ ପଡିଛି । ପାଣ୍ଡିଆନଙ୍କ ଖାସ୍ ଅନୁଗତ ପ୍ରଣବପ୍ରକାଶ ଦାସ ଓରଫ ବବି ଅତ୍ୟନ୍ତ ଚ଼ତୁରତାର ସହ କିଛି ଅନୁଗତଙ୍କ ମାଧ୍ୟମରେ ନିଜର ' ବିଜେଡି ଡିଜାଷ୍ଟର ପ୍ଲାନ'କୁ ଆକ୍ଟିଭ କରାଇଥିବା ଚ଼ର୍ଚ୍ଚା ହେଉଛି । ଦଳର ସଭାପତି ନିର୍ବାଚ଼ନ ସରିଥିଲେ ମଧ୍ୟ 'ରାଜ୍ୟ ପରିଷଦ ଓ ରାଜ୍ୟ କାର୍ଯ୍ୟକାରିଣୀ' ତାଲିକା ଏପର୍ଯ୍ୟନ୍ତ ପ୍ରକାଶ ପାଇନଥିବା ବିଜେଡି ନିଜର ମୁଖପାତ୍ରଙ୍କ ମାଧ୍ୟମରେ ମଙ୍ଗଳବାର ସ୍ପଷ୍ଟ କରିସାରିଛି । ମାତ୍ର ଦଳର ଏହି ଦୁଇ ଶୀର୍ଷ କମିଟିର ସଭ୍ୟ ଚ଼ୟନରେ ସମ୍ପୃକ୍ତ କୋରଟିମ୍ ସଦସ୍ୟମାନେ ମୁଖ୍ୟ ଭୂମିକା ତୁଲାଇ ଥିବାର ସନ୍ଦେଶ ଦେବାକୁ ବବିଙ୍କ ଗୋଷ୍ଠୀ ଉଦ୍ୟମ କରିଥିବା ଜଣାପଡିଛି । ଯଦିଓ ନବୀନ ନିବାସର ଆଳ ଦେଖାଇ ଦଳର ରିଟର୍ଣ୍ଣିଂ ଅଫିସର ପ୍ରତାପ ଦେବଙ୍କୁ ଧରି ବବି ଏହି 'ରାଜ୍ୟ ପରିଷଦ' ଓ 'ରାଜ୍ୟ କାର୍ଯ୍ୟକାରିଣୀ'ର ସଦସ୍ୟ ଚ଼ୟନକୁ ଚୂଡାନ୍ତ କରିଥିଲେ ବୋଲି ସୂଚ଼ନା ମିଳିଛି ।

### ବବିଙ୍କ 'ଡିଜାଷ୍ଟର' ପ୍ଲାନ୍ ଓ କୋରଟିମ୍ ?

ବିଜେଡିର ନିର୍ବାଚ଼ନୀ ପରାଜୟ ପରେ ପାଣ୍ଡିଆନ ଓ ତାଙ୍କ ଟିମ୍ (ବବି,ମାନସ ମଙ୍ଗରାଜ ଓ ଅଫିସର ଟିମ)ଙ୍କ ପ୍ରତି ଦଳୀୟ ମହଲରେ ତୀବ୍ର ଆକ୍ରୋଶ ଲାଗି ରହିବାରୁ ଦେବୀ ମିଶ୍ରଙ୍କୁ ଦଳର ସମନ୍ୱୟ କମିଟି ଅଧ୍ୟକ୍ଷ ଦାୟିତ୍ୱ ମିଳିଥିଲା । ବିଗତ ୯ମାସ ଧରି ଦେବୀ ଦଳର ଆଗଧାଡିର ନେତା ପ୍ରତାପ ଜେନା, ସଞ୍ଜୟ ଦାସବର୍ମା, ଅତନୁ ସବ୍ୟସାଚ଼ୀ ନାୟକ, ଅରୁଣ ସାହୁ, ପ୍ରତାପ ଦେବଙ୍କୁ ଧରି ଦଳୀୟ ସାଂଗଠନିକ କାର୍ଯ୍ୟକ୍ରମ ଜାରି ରଖିଛନ୍ତି । ଏହି ନେତାମାନେ ଦଳର ବରିଷ୍ଠ ଓ ପୁରୁଖା ନେତାମାନଙ୍କ ସହ ସମନ୍ୱୟ ରକ୍ଷା କରି ଦଳକୁ ଏକଜୁଟ ରଖିବାକୁ ପ୍ରୟାସ କରୁଥିବାବେଳେ ପାଣ୍ଡିଆନ-ବବିଙ୍କ 'ଡିଜାଷ୍ଟର' ପ୍ଲାନ୍ ଯୋଗୁ ବିଜେଡିରେ ଅରାଜକତାର ମାହୋଲ୍ ଥମିବାର ନାଁ ଧରୁନି । ବିଶୃଙ୍ଖଳା ଚ଼ରମସୀମାରେ ପହଂଚ଼ିଲାଣି । ଦେବୀଙ୍କ ଏହି ଟିମ୍ ସହ ବବି ସାମିଲ ରହୁଥିଲେ ମଧ୍ୟ ପାଣ୍ଡିଆନଙ୍କ ପ୍ରତି ଆନୁଗତ୍ୟ ଯୋଗୁ ତାଙ୍କର 'ଡାହାଣୀ-ଗୁଣିଆ' ଚ଼ରିତ୍ର ଏବେ ପଦାରେ ପଡିଛି । ସୋମବାର ନବୀନଙ୍କ ସହ ଏହି ତଥାକଥିତ କୋରଟିମ୍ ସଦସ୍ୟମାନେ ଖୁଲମଖୁଲା ପାଣ୍ଡିଆନଙ୍କ କାର୍ଯ୍ୟକଳାପ ସମ୍ପର୍କରେ ଚ଼ର୍ଚ୍ଚା କରିବାବେଳେ ସେଠାରେ ବବି ଏକଘରକିଆ ପାଲଟିଯାଇଥିଲେ । ଏପରିକି ନବୀନଙ୍କ ସାମ୍ନାରେ ପାଣ୍ଡିଆନଙ୍କ ସପକ୍ଷରେ ବବି ଯୁକ୍ତି ବା ? ଏହି କୋରଟିମ୍ ସଦସ୍ୟମାନଙ୍କ ବିରୋଧର ସମ୍ମୁଖୀନ ହୋଇଥିବା ନିର୍ଭରଯୋଗ୍ୟ ସୂତ୍ରରୁ ଜଣାପଡିଛି ।

ଏହି ଭେଟଘାଟ ପରେ ରାତିରେ ସଞ୍ଜୟ ଦାସବର୍ମାଙ୍କ ବାସଭବନ ସମ୍ମୁଖରେ ବିଜେଡି କର୍ପ ?ାରେଟର ଅମରେଶ ଜେନା(ବାଇଁଆ)ଙ୍କ ସମର୍ଥକମାନେ ପ୍ରବଳ ହଟ୍ଟଗୋଳ କରିଥିଲେ । ସଞ୍ଜୟଙ୍କ ଯୋଗୁ ତାଙ୍କ ନାଁ ଦଳର ରାଜ୍ୟ ପରିଷଦରୁ ବାଦ୍ ପଡିଲା ବୋଲି ବାଇଁଆ ଅଭିଯୋଗ କରି ଏଭଳି ହଟ୍ଟଗୋଳ କରିଥିବା କୁହାଯାଉଛି । ଅମରେଶ ଆଜି ମଧ୍ୟ ଗଣମାଧ୍ୟମକୁ ବୟାନ ଦେଇ ଏହି କୋରଟିମକୁ ସିଧାସଳଖ ଟାର୍ଗେଟ୍ କରିଛନ୍ତି ।

ଅନ୍ୟପକ୍ଷରେ ଏସବୁ ପଛରେ ପାଣ୍ଡିଆନ ଓ ବବିଙ୍କ 'ଡିଜାଷ୍ଟର ପ୍ଲାନ' ରହିଥିବା ଦଳୀୟ ସୂତ୍ରରୁ ଜଣାପଡିଛି । ପାଣ୍ଡିଆନଙ୍କ ପ୍ରତ୍ୟକ୍ଷ ନିୟନ୍ତ୍ରଣରେ ଦଳର ରାଜ୍ୟ ପରିଷଦ ଓ ରାଜ୍ୟ କାର୍ଯ୍ୟକାରିଣୀ ତାଲିକା ଚୂଡାନ୍ତ ହୋଇଥିଲେ ମଧ୍ୟ ଜାଣିଶୁଣି ବିଶୃଙ୍ଖଳା ସୃଷ୍ଟି କରିବା ଉଦ୍ଦେଶ୍ୟରେ ଏହି ତାଲିକାକୁ ସାର୍ବଜନୀନ କରାଯାଉନଥିବା ସୂଚ଼ନା ମିଳିଛି । ଏପରିକି କୋରଟିମ ସଦସ୍ୟଙ୍କୁ ବିରୋଧ କିଏ କିଭଳି କରିବ ସେଥିପାଇଁ ବବି ଗୋଟିଚ଼ାଳନା କରୁଥିବା ଓ ନିଜ ବାସଭବନକୁ ଡାକି କିଛି ଏଭଳି ମନ୍ତ୍ରଣା ଦେଉଥିବା ଚ଼ର୍ଚ୍ଚା ହେଉଛି ।

### ନବୀନଙ୍କୁ କାହିଁକି ଭେଟିଲେ କୋରଟିମ୍ ?

ନିର୍ଭରଯୋଗ୍ୟ ସୂତ୍ର ଅନୁସାରେ, ଦଳର ସାଂଗଠନିକ ନିର୍ବାଚ଼ନ ପ୍ରକ୍ରିୟା ଶେଷ ହୋଇଥିଲେ ମଧ୍ୟ ରାଜ୍ୟ କାର୍ଯ୍ୟକାରିଣୀରେ କିଏ ସ୍ଥାନ ପାଇବେ ତା'ର ସାମାନ୍ୟତମ ସୁରାକ ଏହି କୋରଟିମକୁ ଆଗୁଆ ମିଳିପାରିନଥିଲା । ଏହି କାର୍ଯ୍ୟକାରିଣୀ ତାଲିକା 'ନବୀନ ନିବାସ' କରିବ କହି ସମସ୍ତଙ୍କୁ ଚୁପ୍ ରହିବାକୁ ପରୋକ୍ଷରେ ତାଗିଦ୍ କରାଯାଇଥିଲା । ମାତ୍ର ଦଳର କିଛି ବରିଷ୍ଠ ନେତା ଯଥା-ପ୍ରସନ୍ନ ଆଚ଼ାର୍ଯ୍ୟ, ବଦ୍ରି ପାତ୍ର, ରଣେନ୍ଦ୍ର ପ୍ରତାପ ସ୍ୱାଇଁଙ୍କ ଭଳି ନେତାମାନଙ୍କୁ କାର୍ଯ୍ୟକାରିଣୀରେ ସାମିଲ କରାଯାଇନଥିବାର ସୁରାକ ପାଇବା ପରେ ଏହି ଟିମ୍ ସୋମବାର ନବୀନଙ୍କୁ ଭେଟି ପୁରୁଖା ନେତାମାନଙ୍କୁ ସଂଗଠନ ଭିତରେ ରଖିବାକୁ ପରାମର୍ଶ ଦେଇଥିଲେ । ଯଦିଓ ନବୀନ ଏହି ଅନୁରୋଧ ଉପରେ କିଛି ମତାମତ ଦେଇନଥିଲେ କିନ୍ତୁ ଦଳର ପରିଚ଼ାଳନା ଓ ବିପର୍ଯ୍ୟୟ କାରଣ ପାଇଁ ସମସ୍ତେ ଏକସ୍ୱରରେ(ବବିଙ୍କୁ ବାଦ୍ ଦେଇ) ପାଣ୍ଡିଆନ ଓ ତାଙ୍କ ଟିମକୁ ଦାୟୀ କରିଥିଲେ । ଏହି ଟିମ୍ ସହ ଯାଇଥିବା ବବି ସେଠାରେ ପାଣ୍ଡିଆନଙ୍କୁ ସୁହାଇବା ଭଳି କଥା କହିବାକୁ ପ୍ରୟାସ କରିଥିଲେ ମଧ୍ୟ ସମ୍ପୃକ୍ତ ନେତାମାନଙ୍କ ବିରୋଧର ସମ୍ମୁଖୀନ ହୋଇଥିଲେ ବୋଲି ଜଣାପଡିଛି । ନବୀନଙ୍କ ସହ ଭେଟଘାଟବେଳେ ପାଣ୍ଡିଆନଙ୍କ ଏଜେଂଟ ଭଳି ଭୂମିକାରେ 'ବବି' ରହିଥିବା ଚ଼ର୍ଚ୍ଚା ହେଉଛି ।

### ସଞ୍ଜୟଙ୍କ ଘର ଆଗରେ ହଟ୍ଟଗୋଳ, ଦଳୀୟ ନେତାଙ୍କୁ ଟାର୍ଗେଟ

ସାଂଗଠନିକ ନିର୍ବାଚ଼ନରେ ପାଣ୍ଡିଆନ-ବବିଙ୍କ ମାମଲାତି ଏବଂ ପାଣ୍ଡିଆନଙ୍କ କାର୍ଯ୍ୟକଳାପ ବିରୁଦ୍ଧରେ ନବୀନଙ୍କୁ ଏହି ନେତାମାନେ ସିଧାସଳଖ ଫେରାଦ ହେବାପରେ ବବିଙ୍କ ନିଜର 'ଡିଜାଷ୍ଟର ପ୍ଲାନ'କୁ ଅଚ଼ାନକ ଆକ୍ଟିଭ କରାଇଛନ୍ତି । ବବିଙ୍କ ଖାସ୍ ଭାବେ ପରିଚ଼ିତ କର୍ପ ?ାରେଟର ଅମରେଶ ଜେନା ଓ ବିରଂଚ଼ିନାରାୟଣ ମହାସୁପକାର(ଲିଟୁ) ମଙ୍ଗଳବାର ଗଣମାଧ୍ୟମ ସାମ୍ନାକୁ ଆସି ବୟାନବାଜି କରିଛନ୍ତି । ସଞ୍ଜୟଙ୍କ ଯୋଗୁ ରାଜ୍ୟ ପରିଷଦରେ ସାମିଲ ହୋଇପାରିନଥିବାର ଅଭିଯୋଗ ଅମରେଶ ଆଣି ଏଭଳି ବିଶୃଙ୍ଖଳା ଓ ଅରାଜକତା ସୃଷ୍ଟି କରିଛନ୍ତି । ଯଦିଓ ଦଳ ପକ୍ଷରୁ ଏପର୍ଯ୍ୟନ୍ତ ଏହି ତାଲିକା ସାର୍ବଜନୀନ କରାଯାଇ ନାହିଁ ବୋଲି ବିଜେଡି ମୁଖପାତ୍ର ଲେନିନ୍ ମହାନ୍ତି ମଙ୍ଗଳବାର ଗଣମାଧ୍ୟମକୁ ସ୍ପଷ୍ଟ କରିଛନ୍ତି । ଯଦି ତାଲିକା ସାର୍ବଜନୀନ ହୋଇନି ତା'ହେଲେ ସଞ୍ଜୟ କାଟିଲେ ବୋଲି ଅମରେଶ ଜାଣିଲେ କେମିତି ବୋଲି ପ୍ରଶ୍ନ ଉଠିଛି । ଅବଶ୍ୟ ବିଗତ ୧୦ମାସ ଧରି ବବିଙ୍କ ଖାସ୍ ହେବାକୁ ଯାଇ ତାଙ୍କୁ ବିଭିନ୍ନ ଉପାୟରେ ସୁରକ୍ଷା ଦେଉଥିବା ସଞ୍ଜୟ ଯେଭଳି ସୁବିଧାବାଦୀ ରାଜନୀତିକୁ ଆପଣାଇଥିଲେ ଏବେ ତାଙ୍କୁ ଉଚ଼ିତ୍ ଜବାବ ମିଳିଛି ବୋଲି ଚ଼ର୍ଚ୍ଚା ।

ବିଜେଡି ସୂତ୍ର ଅନୁସାରେ ସାଧାରଣ ନିର୍ବାଚ଼ନ ପୂର୍ବରୁ ଏହି ଦୁଇ କର୍ପ ?ାରେଟର ବିଜେଡି ବିଧାୟକ ପ୍ରାର୍ଥୀଙ୍କୁ ଖୋଲାଖୋଲି ବିରୋଧ କରିବା ସହ ନିର୍ବାଚ଼ନ ପରେ ବିଜେପିର ନିକଟତର ହୋଇଛନ୍ତି । ବିଭିନ୍ନ ସମୟରେ ଦଳକୁ ଅଡୁଆରେ ପକାଇବା ଭଳି ମନ୍ତବ୍ୟ ଦେଉଛନ୍ତି । ନିକଟରେ ଦଳର ପୁରୁଖା ନେତାମାନଙ୍କ ବୈଠକରେ ଅଶୋକ ପଣ୍ଡା ସାମିଲ ହୋଇଥିଲେ । ଭୁବନେଶ୍ୱର-ମଧ୍ୟ ବିଧାୟକ ଅନନ୍ତ ନାରାୟଣ ଜେନାଙ୍କୁ ମଧ୍ୟ ଏହି ଦୁଇ କର୍ପ ?ାରେଟର ବିରୋଧ କରୁଥିବା ସମସ୍ତେ ଜାଣନ୍ତି । ଅଶୋକ-ଅନନ୍ତଙ୍କୁ ଖୋଲାଖୋଲି ବିରୋଧ କରି ଏହି ଦୁଇ କର୍ପ ?ାରେଟର ଦଳୀୟ ବିଶୃଙ୍ଖଳା ସୃଷ୍ଟି କରୁଥିଲେ ମଧ୍ୟ ବବି ଦଳରେ ସେମାନଙ୍କର ତ୍ରାଣକର୍ତ୍ତା ସାଜିଥିବାରୁ ସେମାନଙ୍କ ବିରୁଦ୍ଧରେ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ନେବା ସମ୍ଭବପର ହୋଇପାରିନି ।

### ପାଣ୍ଡିଆନ-ବବିଙ୍କ ଡିଜାଷ୍ଟର ପ୍ଲାନ୍ ?

ଦଳରେ ଅରାଜକତା, ବିଶୃଙ୍ଖଳା ଓ ଘୃଣ୍ୟ ବୟାନବାଜିକୁ ପ୍ରୋତ୍ସାହିତ କରିବା ଉଦ୍ଦେଶ୍ୟରେ ପାଣ୍ଡିଆନ-ବବି ଏବେ ନିଜର 'ଡିଜାଷ୍ଟର ପ୍ଲାନ'କୁ ଆକ୍ଟିଭ କରିଥିବା ଚ଼ର୍ଚ୍ଚା ହେଉଛି । ସୋମବାର ଦେବୀ ମିଶ୍ରଙ୍କ ନେତୃତ୍ୱରେ ଆଗଧାଡିର ଏହି ନେତାମାନେ ନବୀନଙ୍କୁ ଭେଟି ପାଣ୍ଡିଆନଙ୍କ ବିରୁଦ୍ଧରେ ଅଭିଯୋଗ କରିବାପରେ ବବି ଆକ୍ଟିଭମୋଡକୁ ଆସିଛନ୍ତି । ପାଣ୍ଡିଆନଙ୍କ କ୍ଷମତା ହ୍ରାସ ପାଇଲେ ତାଙ୍କର ରାଜନୀତିକ ଅସ୍ତିତ୍ୱ ମଧ୍ୟ ସଙ୍କଟଘେରକୁ ଯିବାର ଆଶଙ୍କା ବବି କରିଛନ୍ତି । ଯେଉଁଥିପାଇଁ ସେ 'ରାଜ୍ୟ ପରିଷଦ ଓ ରାଜ୍ୟ କାର୍ଯ୍ୟକାରିଣୀ' ତାଲିକା ଏହି କୋରଟିମ୍ ସଦସ୍ୟମାନେ ପ୍ରସ୍ତୁତ କରିଥିବାର ମିଛ ପ୍ରଚ଼ାର କରାଇ କୋରଟିମ୍ ସଦସ୍ୟଙ୍କୁ ଆକ୍ରୋଶର ଶିକାର କରାଇବାରେ ଲାଗିଥିବା ଚ଼ର୍ଚ୍ଚା ହେଉଛି । ଏଭଳି କରି ବବି ଗୋଟିଏଗୁଳିରେ ଏକାଧିକ ଶିକାରର ଲକ୍ଷ୍ୟ ରଖିଛନ୍ତି । ପ୍ରଥମତଃ ସାଧାରଣ ନିର୍ବାଚ଼ନରେ ଦଳର ବିପର୍ଯ୍ୟୟକୁ ନେଇ ପାଣ୍ଡିଆନ ଓ ବବିଙ୍କ ପ୍ରତି ରହିଥିବା ଦଳୀୟ ଆକ୍ରୋଶରୁ କର୍ମୀଙ୍କ ନଜର ହଟିବ । ଏବେ ଯାହାସବୁ ଚ଼ାଲିଛି ସେସବୁ ପାଇଁ ଏହି ତଥାକଥିତ କୋରଟିମ ଦାୟୀ । ରାଜ୍ୟ ପରିଷଦ ଓ କାର୍ଯ୍ୟକାରିଣୀରେ ସ୍ଥାନ ପାଇନଥିବା ନେତାମାନେ ଏହି କୋରଟିମକୁ ଦାୟୀ କରିବେ ଓ ସେମାନଙ୍କୁ ଆକ୍ରୋଶର ସମ୍ମୁଖୀନ ହେବାକୁ ପଡିବ । ଆଉ ଦ୍ୱିତୀୟତଃ ଏହି ମଉକାରେ ଏହି ନେତାମାନଙ୍କୁ ସମ୍ପୂର୍ଣ୍ଣ କୋଣଠେସା କରି ବବି ପୁଣିଥରେ ନିଜକୁ ଦଳର ୩ନମ୍ବର ଭାବେ ପ୍ରତିପାଦନ କରିବେ ।

## ଆତଙ୍କବାଦୀଙ୍କ ଏଭଳି ନିଷ୍ଠୁର କାର୍ଯ୍ୟ ଅକ୍ଷମଣୀୟ : ମାନସ ମଙ୍ଗରାଜ





ଭୁବନେଶ୍ୱର,୨୨।୪(ପି.ଏନ): ପେହେଲଗାଓଁ ଆତଙ୍କବାଦୀ ଆକ୍ରମଣରେ ବାଲେଶ୍ୱରର ପ୍ରଶାନ୍ତ ଶତପଥୀଙ୍କ ମୃତ୍ୟୁରେ ଶୋକ ପ୍ରକାଶ କରିଛନ୍ତି ବିଜେଡି ସାଂସଦ ମାନସ ମଙ୍ଗରାଜ । ପ୍ରଶାନ୍ତଙ୍କ ପରିବାରକୁ ସେ ସମବେଦନା ଜଣାଇଛନ୍ତି । ଆତଙ୍କବାଦୀଙ୍କୁ କୌଣସି ଦୟା ଦେଖାଯିବା ଉଚ଼ିତ ନୁହେଁ ବୋଲି କହିଛନ୍ତି ମାନସ । ସେମାନଙ୍କୁ କଠୋର ହସ୍ତରେ ଦମନ କରାଯିବା ଉଚ଼ିତ । ଆତଙ୍କବାଦୀ ଆକ୍ରମଣର ଶିକାର ହୋଇଥିବା ମୃତକଙ୍କ ପାଇଁ ବି ଶୋକ ପ୍ରକାଶ କରିଛନ୍ତି ସାଂସଦ । ଆତଙ୍କବାଦୀଙ୍କ ଏଭଳି ନିଷ୍ଠୁର କାର୍ଯ୍ୟ ଅକ୍ଷମଣୀୟ। ଆତଙ୍କବାଦ ବିରୋଧ ଲଢେଇରେ ପୂରା ଦେଶ ଏକାଠି ହେବ ବୋଲି ସେ କହିଛନ୍ତି ।

## ଭୁବନେଶ୍ୱର ଶିଶୁ ଅପରହଣ ନାଟକର ପର୍ଦ୍ଦାଫାସ୍, ଅପହୃତ ଶିଶୁ ସୁରକ୍ଷିତ ଉଦ୍ଧାର



ଭୁବନେଶ୍ୱର,୨୨।୪(ପି.ଏନ): ରାଜଧାନୀ ଶିଶୁ ଅପରହଣ ନାଟକର ପର୍ଦ୍ଦାଫାସ୍ । ଅପହୃତ ଶିଶୁକୁ ସୁରକ୍ଷିତ ଉଦ୍ଧାର ସହ ୭ ଜଣ ଅପହରଣକାରୀଙ୍କୁ ଗିରଫ କଲା ପୋଲିସ୍ । ଅପହରଣକାରୀଙ୍କ ମଧ୍ୟରେ ଦୁଇଜଣ ମହିଳା ଅଛନ୍ତି । ପ୍ରେସମିଟ ଜରିଆରେ ସୂଚ଼ନା ଦେଲେ ପୋଲିସ କମିଶନର ଏସ ଦେବଦତ୍ତ ସିଂ । ଟଙ୍କା ପାଇଁ ଅପହରଣ କରିଥିଲେ ଅଭିଯୁକ୍ତ । ଗାଁର ଯୁବକ ହିଁ ଥିଲା ଏହି ଅପହରଣ ଘଟଣାରେ ମାଷ୍ଟରମାଇଣ୍ଡ । ୬ ଘଣ୍ଟାର ସିକ୍ରେଟ ଅପରେସନ୍ ପରେ ନିରାକାରପୁର ଅଞ୍ଚଳରୁ ଅପହୃତ ଶିଶୁକୁ ଉଦ୍ଧାର କରିଛି ସ୍ୱ ?ଶାଲ ଟିମ୍ । ତେବେ ଘଟଣାରେ ଏବେବି ଜଣେ ଫେରାର ଅଛି । ଜମି ଟଙ୍କା ପାଇଁ କିଡନାପ୍ କରିଥିଲେ ଅଭିଯୁକ୍ତ । ଜମି ଟଙ୍କାନେଇ ଶୁଭ୍ରକାନ୍ତ ମହାନ୍ତିଙ୍କ ନିକଟରେ ଥିଲା ସୂଚ଼ନା । ତେବେ ତାଙ୍କୁ ଟ୍ୟୁସନ ସାର ନେଇଯାଇଥିଲେ । ମେଡିକାଲ ନେବାକୁ କହି ଅପହରଣ କରାଯାଇଥିବା ଉଦ୍ଧାର ପରେ ସୂଚ଼ନା ଦେଇଛି ଉଦ୍ଧାର ନାବାଳକ । ସହର ଉପକଣ୍ଠ ପାଞ୍ଚଗାଁରୁ ବନ୍ଧୁକ ମୁନରେ ୮ ବର୍ଷର ଛୁଆକୁ ଉଠାଇନେଇଥିଲେ ଦୁର୍ବୃତ୍ତ । ସାମ୍ନାକୁ ଆସିଥିଲା ଅପହରଣ ସମୟର ସିସିଟିଭି ଭିଡିଓ । ସକାଳ ୧୦ଟାରେ ଶିଶୁକୁ ଅପହରଣ କରାଯାଇଥିଲା । ସ୍କୁଲରୁ ଘରକୁ ଫେରିବାବେଳେ ଆରତ ରଞ୍ଜନ କାଳିଆଙ୍କ ୮ ବର୍ଷର ପୁଅକୁ ଏକ କାରରେ ଅପହରଣ କରାଯିବା ନେଇ ଏୟାରଫିଲ୍ଡ ଥାନାରେ ଅଭିଯୋଗ ହୋଇଥିଲା । ଗାଁରୁ ଗାଡ଼ିଟି ବାହାରିବାବେଳେ କିଛି ଯୁବକ ଗାଡ଼ିଟିକୁ ଅଟକାଇଥିଲେ ମଧ୍ୟ ଦୁର୍ବୃତ୍ତମାନେ ବନ୍ଧୁକ ଓ ଛୁରୀ ଦେଖାଇ ପିଲାଟିକୁ ଅପହରଣ କରି ନେଇଥିଲେ । ଅଭିଯୁକ୍ତଙ୍କୁ ଧରିବା ସହ ପିଲାଟିକୁ ସୁରକ୍ଷିତ ଭାବେ ଉଦ୍ଧାର କରିବା ପାଇଁ ଗଠନ ହୋଇଥିଲା ସ୍ୱ ?ଶାଲ ଟିମ୍ । ଆଖପାଖରେ ଛାନବିନ କରିବା ସହ ସିସିଟିଭି ଯାଞ୍ଚ କରାଯାଇଥିଲା । ଠିକ୍ ଏହି ସମୟରେ ଅପହରଣକାରୀଙ୍କ ପାଖରୁ ଆସିଥିଲା ଏକ ଫୋନକଲ୍ । ପିଲାଟିର ମୁଣ୍ଡ ଜାମିନ ରଖି ୧୦ଲକ୍ଷ ଟଙ୍କା ଦାବି କରିଥିଲେ ଅପହରଣକାରୀ । ଟେଲିଫୋନ ନମ୍ବରକୁ ଟ୍ରେସ କରି ଅପହରଣକାରୀଙ୍କ ଲୋକେସନ ମିଳିବା ପରେ ପିଲାଟିକୁ ଉଦ୍ଧାର କରାଯାଇଛି ।

### ଦେବ ପ୍ରସାଦ ଦାଶଙ୍କୁ ନୂଆ ଦାୟିତ୍ୱ, ସୂଚ଼ନା ଓ ଲୋକ ସମ୍ପର୍କ ବିଭାଗର ନୂଆ ନିର୍ଦ୍ଦେଶକ

ଭୁବନେଶ୍ୱର,୨୨।୪(ପି.ଏନ): ଦେବ ପ୍ରସାଦ ଦାଶ ସୂଚ଼ନା ଓ ଲୋକ ସମ୍ପର୍କ ବିଭାଗର ନୂଆ ନିର୍ଦ୍ଦେଶକ । ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗର ସ୍ୱତନ୍ତ୍ର ସଚ଼ିବ ଅଛନ୍ତି ଦେବ ପ୍ରସାଦ ।ସୂଚ଼ନା ଓ ଲୋକ ସମ୍ପର୍କ ବିଭାଗର ନୂଆ ନିର୍ଦ୍ଦେଶକ ଭାବେ ଅତିରିକ୍ତ ଦାୟିତ୍ୱ ନେଇଛନ୍ତି । ଓଡ଼ିଶା ସରକାରଙ୍କ ବିଭିନ୍ନ ବିଭାଗରେ କାମକରି ସେ ବହୁବାର ବିବାଦ ମଧ୍ୟରେ ରହିଆସିଛନ୍ତି । ୨୦୧୮ ମେ ମାସରେ ସେ ସରକାରଙ୍କଦ୍ୱାରା ନିଲମ୍ବିତ ମଧ୍ୟ ହୋଇଥିଲେ ।୨୦୨୪ ମସିହା ଜୁଲାଇ ମାସରେ ଦେବପ୍ରସାଦଙ୍କର ନିଲମ୍ବନ ଆଦେଶ ପ୍ରତ୍ୟାହୃତ ହୋଇଥିଲା ଓ ସେ ଓଡ଼ିଆ ଭାଷା, ସାହିତ୍ୟ, ସଂସ୍କୃତି ବିଭାଗର ଯୁଗ୍ମ ସଚ଼ିବ ଭାବରେ ପୁନଃସ୍ଥାପିତ ହୋଇଥିଲେ ।

## ଆସନ୍ତାକାଲି ଠାରୁ ସ୍କୁଲ ପିଲାଙ୍କ ପାଇଁ ଖରା ଛୁଟି



ଭୁବନେଶ୍ୱର,୨୨।୪(ପି.ଏନ): ଆସନ୍ତାକାଲି ଠାରୁ ସ୍କୁଲ ପିଲାଙ୍କ ପାଇଁ ଖରା ଛୁଟି ଘୋଷଣା। ଆସନ୍ତାକାଲିଠୁ ଅଙ୍ଗନବାଡି, ଶିଶୁବାଟିକା ଠାରୁ ଆରମ୍ଭ କରି ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ରାଜ୍ୟର ସମସ୍ତ ସରକାରୀ ଓ ବେସରକାରୀ ଶିକ୍ଷାନୁଷ୍ଠାନ ବନ୍ଦ ରହିବ। ରାଜ୍ୟରେ ବର୍ତ୍ତମାନ ଚ଼ାଲିଥିବା ଭିଷଣ ଗ୍ରୀଷ୍ମ ପ୍ରବାହକୁ ଦୃଷ୍ଟିରେ ରଖି ପିଲାମାନଙ୍କ ସ୍ୱାସ୍ଥ୍ୟର ସୁରକ୍ଷା ପାଇଁ ମୁଖ୍ୟମନ୍ତ୍ରୀ ସମୀକ୍ଷା କରିବା ପରେ ଏହି ନିର୍ଦ୍ଦେଶ ଦେଇଛନ୍ତି। ନିର୍ଦ୍ଦେଶ ଅନୁଯାୟୀ ଅଙ୍ଗନବାଡି କେନ୍ଦ୍ର, ଶିଶୁବାଟିକା ଠାରୁ ଦ୍ୱାଦଶ ଶ୍ରେଣୀ ପର୍ଯ୍ୟନ୍ତ ସମସ୍ତ ସରକାରୀ, ବେସରକାରୀ ସ୍କୁଲ ବନ୍ଦ ରହିବ। ରାଜ୍ୟରେ ପ୍ରବଳ ଗ୍ରୀଷ୍ମ ପ୍ରବାହ ଓ ଦିନ ତାପମାତ୍ରାରେ ଅତ୍ୟଧିକ ବୃଦ୍ଧି ଯୋଗୁ ସାଧାରଣ ଜୀବନଯାପନ ବାଧାପ୍ରାପ୍ତ ହେଉଛି। ତେଣୁ ପିଲାମାନଙ୍କ ସ୍ୱାସ୍ଥ୍ୟକୁ ସର୍ବାଧିକ ଗୁରୁତ୍ୱ ଦେଇ ମୁଖ୍ୟମନ୍ତ୍ରୀ ଏହି ନିଷ୍ପତ୍ତି ନେଇଛନ୍ତି । ଏହି ସମୟ ମଧ୍ୟରେ ଅଙ୍ଗନବାଡି ପିଲା ମାନଙ୍କୁ ସେମାନଙ୍କ ଘରେ ଶୁଖିଲା ଖାଦ୍ୟ ଯୋଗାଇ ଦେବା ପାଇଁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି । ଉଭୟ ସରକାରୀ ଓ ବେସରକାରୀ କଲେଜ ପିଲାମାନଙ୍କ ପାଇଁ ରାଜ୍ୟ ସରକାର ଆସନ୍ତାକାଲିଠୁ ଛୁଟି ଘୋଷଣା କରିଛନ୍ତି । ଏହି ସମୟରେ ପୂର୍ବରୁ ନିର୍ଦ୍ଧାରିତ ପରୀକ୍ଷା ଗୁଡିକ ନିର୍ଦ୍ଦିଷ୍ଟ ତାରିଖରେ ହେବ ଏବଂ ସଂପୃକ୍ତ ଅଧିକାରୀମାନେ ଏଥିପ୍ରତି ଯତ୍ନବାନ ହେବାକୁ ନିର୍ଦ୍ଦେଶ ଦିଆଯାଇଛି।

## ତାତିରେ ୧୦ ବର୍ଷର ରେକର୍ଡ ଭାଙ୍ଗିଲା ଝାରସୁଗୁଡା ସହର

ଭୁବନେଶ୍ୱର,୨୨।୪(ପି.ଏନ): ଝାରସୁଗୁଡାରେ ପାରଦ ଉପରମୁହାଁ। ଆଜି ରାଜ୍ୟର ସବୁଠାରୁ ଉତପ୍ତ ସହର ପାଲଟିଛି ଝାରସୁଗୁଡା ସହର। ଆଜି ଝାରସୁଗୁଡାରେ ୪୬. ୨ ଡିଗ୍ରୀ ତାପମାତ୍ରା ରେକର୍ଡ କରାଯାଇଛି ।ଚ଼ଳିତ ବର୍ଷ ପ୍ରଥମ ଥର ପାଇଁ ରାଜ୍ୟରେ ତାତି ୪୬ ଡିଗ୍ରୀ ପାର କରିଛି। ଏପ୍ରିଲ ମାସର ଝାରସୁଡା ତାତି ୧୦ ବର୍ଷର ପୁରୁଣା ରେକର୍ଡ ଭାଙ୍ଗିଛି।୨୦୧୦ ଏପ୍ରିଲ ୨୦ରେ ଝାରସୁଗୁଡା ତାତି ୪୬.୧ ଡିଗ୍ରୀ ରହିଥିଲା। ବ ?ୁଥିବା ତାତିକୁ ଦୃଷ୍ଟିରେ ରଖି ଝାରସୁଗୁଡା ଜିଲ୍ଲାରେ ସ୍କୁଲ ଛୁଟି ଘୋଷଣା କରାଯାଇଛି ।ହିଟ୍ ?ୱେଭ ପାଇଁ କାଲିଠୁ ୨୫ ପର୍ଯ୍ୟନ୍ତ ସ୍କୁଲ ଛୁଟି ଘୋଷଣା କରାଯାଇଛି। ସ୍କୁଲ ଛୁଟି ନେଇ ଝାରସୁଗଉଡା ଜିଲ୍ଲାପାଳ ନିଷ୍ପତି ନେଇଛନ୍ତି।

## ବିଦ୍ୟୁତ କାଟ ନେଇ ରାଜ୍ୟ ସରକାରଙ୍କୁ ଘେରିଲେ ବିରୋଧୀ



ଭୁବନେଶ୍ୱର,୨୨।୪(ପି.ଏନ): ଅସହ୍ୟ ତାତିରେ ଜଳୁଛି ଓଡିଶା। ତା ସହ ଗୁଳୁଗୁଳି । ସେପଟେ ରାଜଧାନୀ ଠାରୁ ଆରମ୍ଭ କରି ରାଜ୍ୟସାରା ଅଘୋଷିତ ବିଦ୍ୟୁତ କାଟ । ଏହାକୁ ନେଇ ରାଜ୍ୟ ସରକାରଙ୍କୁ ଘେରିଛନ୍ତି ଦୁଇ ବିରୋଧୀ ବିଜେଡି ଓ କଂଗ୍ରେସ। ବିଜେଡି ବିଧାୟକ ପ୍ରଦୀପ ଦିଶାରୀ ଅଭିଯୋଗ କରିଛନ୍ତି- ସରକାର ୩୦୦ ୟୁନିଟ ମାଗଣା ବିଜୁଳି ପ୍ରତିଶୃତି ଦେଇ ଭୁଲିଗଲେ। ଏବେ ଖୋଦ ରାଜଧାନୀରେ ପାୱାର କଟ କରାଯାଉଛି । ସରକାରଙ୍କ ଘୋଷଣା ଗୋଟିଏ ପଟେ ବିଜୁଳି ସମସ୍ୟା ଆଉ ଗୋଟିଏ ପଟେ ବୋଲି ସେ ଅଭିଯୋଗ କରିଛନ୍ତି । ସମାନ ଅଭିଯୋଗ କରିଛନ୍ତି କଂଗ୍ରେସ ବିଧାୟକ ଦଳ ନେତା ରାମଚ଼ନ୍ଦ୍ର କାଡାମ । ରାଜଧାନୀରେ ଅଘୋଷିତ ବିଦ୍ୟୁତ କାଟ ହେଉଥିବା ବେଳେ ଗାଁ ଗଣ୍ଡାରେ ବିଦ୍ୟୁତ କାଟ କେତେ ସମୟ ହେଉଛି ତାହାର ହିସାବ ନାହିଁ ବୋଲି କଂଗ୍ରେସ କହିଛି। ଅନ୍ୟପଟେ ବିଜେପି ବିଧାୟକ ପ୍ରକାଶ ସୋରେନ କହିଛନ୍ତି କାଳବୈଶାଖୀ କାରଣ ଯୋଗୁଁ କିଛି ସମୟ ବିଦ୍ୟୁତ କାଟ ହେଉଛି । ଅଘୋଷିତ ବିଦ୍ୟୁତ କାଟକୁ ନେଇ ପ୍ରଶ୍ନ ଉଠାଇଛି ଉପଭୋକ୍ତା ମହାସଂଘ । ପରିଚ଼ାଳନା ତ୍ରୁଟି ଓ ମରାମତି ସଠିକ ଭାବେ କରାଯାଉ ନଥିବାରୁ ବିଦ୍ୟୁତ କାଟ ପରି ସମସ୍ୟା ଦେଖାଦେଉଛି । ସରକାର ଏଥିପ୍ରତି ଗୁରୁତ୍ୱ ଦେବା ଆବଶ୍ୟକ ବୋଲି ଉପଭୋକ୍ତା ମହାସଂଘ ସଭାପତି ରମେଶ ଶତପଥୀ କହିଛନ୍ତି । ତେଣେ ଗ୍ରୀଷ୍ମ ପ୍ରବାହ ସମୟରେ ବିଦ୍ୟୁତ କାଟ ନ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ଶକ୍ତିମନ୍ତ୍ରୀ କେଭି ସିଂଦେଓ । ଏହାସହ କାଳ ବୈଶାଖୀ କାରଣରୁ କିଛି ସ୍ଥାନରେ ବିଦ୍ୟୁତ୍ ବ୍ୟାହତ ହେଉଥିଲେ ବି ତୁରନ୍ତ ସମାଧାନ କରାଯାଉଛି। ବକେୟା ବିଦ୍ୟୁତ୍ ବିଲ ପ୍ରଦାନ କରି ନଥିଲେ ବି ଏବେ ବିଦ୍ୟୁତ୍ ସଂଯୋଗ କଟାଯିବ ନାହିଁ ବୋଲି ମନ୍ତ୍ରୀ କହିଛନ୍ତି ।

## ଜଣକ ପରେ ଜଣେ ନେତା ଖୋଲିଲେଣି ତୁଣ୍ଡ, ମୋହନଙ୍କ ଟିମରେ କୁହୁଳିଲାଣି ନିଆଁ



ଭୁବନେଶ୍ୱର,୨୨।୪(ପି.ଏନ): ବର୍ଷ ପୂର୍ତ୍ତି ପୂର୍ବରୁ ମନ୍ତ୍ରିମଣ୍ଡଳର ସମ୍ପ୍ରସାରଣ ! ୬ଟି ମନ୍ତ୍ରିପଦ ପାଇଁ ଆଶାୟୀଙ୍କ ଲମ୍ବା ତାଲିକା । ଜଣକ ପରେ ଜଣେ ନେତା ଖୋଲିଲେଣି ତୁଣ୍ଡ । ମୋହନଙ୍କ ଟିମରେ କୁହୁଳିଲାଣି ନିଆଁ । ବିଜେପି ସରକାର ଗଠନର ୧୦ମାସ ପରେ ବି ଅଧାଗଢା ମନ୍ତ୍ରିମଣ୍ଡଳ । ମନ୍ତ୍ରିମଣ୍ଡଳରେ ୬ଟି ଆସନ ଖାଲିଥିବାରୁ ଏହି ସ୍ଥାନ ମୁଖ୍ୟମନ୍ତ୍ରୀ ପୂରଣ କରିବେ କି ନାହିଁ ତାହାକୁ ନେଇ କିଛି ଦିନର ନିରବତା ପରେ ବିଜେପି ବିଧାୟକମାନେ ପୁଣି ମୁହଁ ଖୋଲିଛନ୍ତି । ମୁଖ୍ୟମନ୍ତ୍ରୀଙ୍କ ଠାରୁ ଆରମ୍ଭ କରି ମନ୍ତ୍ରିମଣ୍ଡଳରେ ସାମିଲ ଥିବା ଅନେକ ମନ୍ତ୍ରୀଙ୍କ ପାଖରେ ଏକାଧିକ ବିଭାଗ ଥିବାରୁ ମନ୍ତ୍ରୀମାନେ ଭାରାକାନ୍ତ । ଦଳର ବରିଷ୍ଠ ବିଧାୟକ ପ୍ରକାଶ ସୋରେନଙ୍କ ଯୁକ୍ତି ହେଉଛି ୬ ମନ୍ତ୍ରିପଦ ପୂରଣ ହେବାର ଆବଶ୍ୟକ ରହିଛି । ସେହିପରି ବହୁ ମନ୍ତ୍ରୀଙ୍କ ପାଖରେ ଏକାଧିକ ବିଭାଗ ଥିବାରୁ ଆବଶ୍ୟକ ଅନୁସାରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ମାସକ ମଧ୍ୟରେ ହେବା ଚ଼ର୍ଚ୍ଚା ହେଉଥିବା ବିଜେପି ବିଧାୟକ କହିଛନ୍ତି । ବରିଷ୍ଠ ବିଧାୟକଙ୍କ ସ୍ୱର ସହ ସ୍ୱର ମିଳାଇଛନ୍ତି ଦଳର ଅନ୍ୟକିଛି ବିଧାୟକମାନେ । ଜଣକ ପରେ ଜଣେ ବିଜେପି ବିଧାୟକ ମନ୍ତ୍ରୀ ପଦ ପୂରଣ ନେଇ ମୁହଁ ଖୋଲିବା ପରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ପାଇଁ ପାୱାର କରିଡରରେ ଚ଼ର୍ଚ୍ଚା ଆରମ୍ଭ ହୋଇଛି । ସେପଟେ ମନ୍ତ୍ରିମଣ୍ଡଳରେ ଖାଲିପଡିଥିବା ୬ଟି ଆସନ ପାଇଁ କିଛି ଦିନର ନିରବତା ପରେ ବିଜେପିର ବିଧାୟକମାନେ ମୁହଁ ଖୋଲିଛନ୍ତି । ବିଜେପି ଅନ୍ଦର ମହଲର ଚ଼ର୍ଚ୍ଚା ଅନୁସାରେ ମୁଖ୍ୟମନ୍ତ୍ରୀ ବର୍ତ୍ତମାନ ମନ୍ତ୍ରିମଣ୍ଡଳରେ ସ୍ଥାନ ପାଇଥିବା ୨ଜଣ ମନ୍ତ୍ରୀଙ୍କୁ ବାଦ ଦେଇ କିଛି ନୂଆ ମୁହଁକୁ ମନ୍ତ୍ରିମଣ୍ଡଳରେ ସାମିଲ କରିପାରିନ୍ତି । ଏହି ତାଲିକାରେ ଅଛନ୍ତି ବିଜେପି ବିଧାୟକ ଇରାଶିଷ ଆଚ଼ାର୍ଯ୍ୟ, ଅମର ନାୟକ, ବାବୁ ସିଂହ, ରଘୁରାମ ମାଛ, ମାନସ ଦତ୍ତ, ମନୋରଞ୍ଜନ ଦ୍ୟାନ ସାମନ୍ତରାୟଙ୍କ ନାଁ ନେଇ ଚ଼ାଲିଛି ବିଚ଼ାର ବିମର୍ଶ।






# 'ମହିଳାଙ୍କ ପ୍ରତି ଅହେତୁକ ଦୁର୍ବଳ'



ଅଭିନେତା ଜେସନ ଶାହ ଯିଏ କି ନିକଟରେ ସଞ୍ଜୟ ଲୀଳା ବଂଶାଲୀଙ୍କ ହୀରାମଣ୍ଡିରେ ନଜର ଆସିଥିଲେ, ସେ ଏବେ ଏକ ବଡ ବୟାନ ଦେଇଛନ୍ତି । ଖୁଲ୍ଲମଖୁଲ୍ଲା ଭାବରେ ଏହି ଅଭିନେତା ଜଣକ ସେକ୍ସ ପ୍ରତି ଥିବା ତାଙ୍କର ଦୁର୍ବଳତାକୁ ନେଇ ଖୋଲିକି କହିଛନ୍ତି। ହ୍ୟାଣ୍ଡସମ ହଙ୍କ ଅଭିନେତା ଜେସନ କହିଛନ୍ତି ଯେ ସେ ସେକ୍ସ, ମଦ ଓ ଧୂମ୍ରପାନ ପ୍ରତି ଅହେତୁକ ଦୁର୍ବଳ ହୋଇ ପଡିଥିଲେ। ପରେ ସେ କେତେ ବର୍ଷ ପରେ ଏହାକୁ ନେଇ ଅନୁଭବ କଲେ ଓ ନିଜ ଜୀବନରେ ଆଧ୍ୟାତ୍ମିକତାକୁ ସ୍ଥାନ ଦେବା ପରେ ଏଥିରୁ ମୁକ୍ତି ପାଇଛନ୍ତି। ଏକ ୟୁଟ୍ୟୁବ ଚ୍ୟାନେଲରେ ସାକ୍ଷାତକାର ଦେବା ସମୟରେ ଅଭିନେତା ଜେସନ ଶାହ କହିଛନ୍ତି ଯେ ସେ ଦିନକୁ ପ୍ରାୟ ଗୋଟିଏରୁ ଦୁଇ ପ୍ୟାକେଟ ସିଗାରେଟ ଟାଣୁଥିଲେ। ସେ ନିଶ୍ଚିତଭାବରେ କହି ପାରିବେ ଯେ ସେ ମହିଳାଙ୍କ ପ୍ରତି ଅହେତୁକ ଦୁର୍ବଳ ହୋଇ ପଡିଥିଲେ। ମହିଳାଙ୍କ ମାୟାରେ ସେ ବାୟା ଥିଲେ। ଏହିସବୁ ବଦଭ୍ୟାସ ଛାଡିବା ତାଙ୍କ ପାଇଁ କାଠିକର ପାଠ ହୋଇ ପଡିଥିଲା। ମାତ୍ର ଏସବୁକୁ ସେ ଏବେ ଛାଡି ଦେଇଛନ୍ତି। ଭଗବାନ ତାଙ୍କ ପ୍ରତି କୃପା କଲେ ଓ ସେ ଆଧ୍ୟାତ୍ମିକ ହୋଇ ଏଥିରୁ ମୁକ୍ତ ହୋଇ ପାରିଥିଲେ ବୋଲି ଜେସନ କହିଛନ୍ତି। ନିଜର ବର୍ତ୍ତମାନର ଜୀବନକୁ ମଧ୍ୟ ନେଇ ସେ କହିଛନ୍ତି। ଏବେ ସେ ଆଧ୍ୟାତ୍ମିକ ଶକ୍ତି ବଳରେ ପୂର୍ବଭଳି ଆଉ ନାହାନ୍ତି। ଯାହାକୁ ଡେଟ କରୁଛନ୍ତି ତାଙ୍କ ସହ ବିବାହ ପରେ ହିଁ ସେକ୍ସ କରିବେ ବୋଲି ଅଭିନେତା ଜଣକ ପ୍ରକାଶ କରିଛନ୍ତି। ଯୌନ ସଂପର୍କ ଦ୍ୱାରା ଜଣେ ପୁରୁଷ ଜଣେ ମହିଳାଙ୍କ ସହ ଭାବନାତ୍ମକ ଭାବରେ ଜଡିତ ହୋଇଥାଏ ବୋଲି ମଧ୍ୟ ଜେସନ କହିଛନ୍ତି।

# ଶୁଭାଯାଉନି କି ନା କହିପାରନ୍ତି, ତଥାପି ହିଟ୍



ଦୀର୍ଘ ଦିନରୁ ସୋସିଆଲ ମିଡିଆରେ ଏପରି ଏକ ଭିଡିଓ ଭାଇରାଲ ହେବାରେ ଲାଗିଛି ଯେଉଁଥିରେ ଜଣେ ବ୍ୟକ୍ତି ଅଜବ ଭାଷାରେ କିଛି ରାପ୍ କରୁଥିବାର ନଜର ଆସିଛନ୍ତି। କିନ୍ତୁ କାହାକୁ ବି ବୁଝା ପଡୁନି ଯେ ସେ କ'ଣ କହୁଛନ୍ତି ? ଏହି ବ୍ୟକ୍ତିଙ୍କ ଭିଡିଓରେ ଅନେକ ମେମ୍ସ ମଧ୍ୟ ହୋଇଛି। ଏଭଳି ଜଣେ ରାପର ହେଉଛନ୍ତି ମ୍ୟାକ୍ ବାବା। ଆଫ୍ରିକା ଦେଶର ମୂଳ ବାସିନ୍ଦା ହେଉଛନ୍ତି ରାପର ହେଉଛନ୍ତି ମ୍ୟାକ୍ ବାବା। ଡେମୋକ୍ରାଟିକ୍ ରିପବ୍ଲିକ୍ ଅଫ୍ କୋଙ୍ଗୋର ରାପର କ୍ରାନ୍ତିକାରୀ ଉପାୟରେ ମ୍ୟୁଜିକ ଇଣ୍ଡଷ୍ଟ୍ରିରେ ବିପ୍ଳବ ଆଣିବା ପାଇଁ ଚେଷ୍ଟା କରୁଛନ୍ତି। ବହୁତ କମ୍ ସମୟ ମଧ୍ୟରେ ସେ ଦେଶ ବିଦେଶରେ ନିଜ ପରିଚୟ ସୃଷ୍ଟି କରିପାରିଛନ୍ତି। ସେ ଅନେକ ଲୋକଙ୍କ ପାଇଁ ପ୍ରେରଣାର ଉତ୍ସ। ସବୁଠାରୁ ଆଶ୍ଚର୍ଯ୍ୟ କଥା ହେଉଛି ମ୍ୟାକ୍ ବାବା ନା କହିପାରନ୍ତି ନା ଶୁଣିପାରନ୍ତି। ସେ ଶବ୍ଦ ନୁହେଁ ବରଂ ନିଜ ଆୱାଜ୍ ମାଧ୍ୟମରେ ରାପ୍ କରିଥାନ୍ତି। ହାତର ଇଶାରା ଏବଂ ଚେହେରାର ଏକ୍ସପ୍ରେସନ୍ ବ୍ୟବହାର କରିଥାନ୍ତି। କିନ୍ତୁ ଅଧିକାଂଶ ଲୋକ ତାଙ୍କୁ ବୁଝିପାରନ୍ତି ନାହିଁ। ତାଙ୍କର ଏକ ସିଗନେଚର ଷ୍ଟାଇଲ୍ 'ଡେଫ୍ ହାପ୍' ଦର୍ଶକଙ୍କ ମଧ୍ୟରେ ବେଶ ଲୋକପ୍ରିୟତା ହାସଲ କରିଛି। ତେବେ ଏକ ଭାଇରାଲ ମ୍ୟୁଜିକ ଭିଡିଓ ମାଧ୍ୟମରେ ସେ ଫେମସ୍ ହୋଇଥିଲେ। ୨୦୨୧ରେ ମ୍ୟୁଜିକ ଇଣ୍ଡଷ୍ଟ୍ରିରେ ପାଦ ଥାପିଥିଲେ ମ୍ୟାକ୍ ବାବା। 'ଲା ବେସରାନ୍' ନାମକ ଏକ ଜୋଡ଼ି ଭାବରେ ତାଙ୍କର ଏହି ଯାତ୍ରା ଆରମ୍ଭ ହୋଇଥିଲା। ୨୦୨୩ରେ ସେ ନିଜ କ୍ୟାରିୟର ଗଢ଼ିବାକୁ ନିଷ୍ପତି ନେଇଥିଲେ। ଏଥିପାଇଁ ତାଙ୍କୁ ବହୁତ ସଂଘର୍ଷର ସାମ୍ନା କରିବାକୁ ପଡ଼ିଥିଲା। ଫଳରେ ଆଜି ସେ ସଫଳତାର ଶୀର୍ଷରେ ପହଂଚିପାରିଛନ୍ତି। ଗୋଟିଏ ଦିନରେ ତାଙ୍କ ଭିଡିଓର ଏକ କ୍ଲିପକୁ ପ୍ରାୟ ୧୦ ମିଲିୟନ୍ ଦର୍ଶକ ଦେଖିଥାନ୍ତି। ତାଙ୍କ ପ୍ରତିଭାକୁ ତାଙ୍କ ସାଥି ଏବଂ ଦେଶବାସୀ ହୃଦୟର ସହ ଆପଣାଇଛନ୍ତି। ସେ ନିଜ କ୍ୟାରିୟରରେ ଆଗରୁ ବଢ଼ିବା ପାଇଁ ପ୍ରୟାସ ଜାରି ରଖିବେ ବୋଲି ଲକ୍ଷ ରଖିଛନ୍ତି।

# ଜାପାନରେ ନିର୍ମିତ ହେବ ଚଳନ୍ତା ସଡ଼କ

ଜାପାନର ରାଜଧାନୀ ସହର ଟୋକିଓ ଓ ଅନ୍ୟତମ ବ୍ୟାବସାୟିକ ପେଣ୍ଠସ୍ଥଳୀ ଓସାକା ମଧ୍ୟରେ ପଣ୍ୟ ପରିବହନ ପାଇଁ ସରକାର ଏକ ଅଭିନବ ରାସ୍ତା ଆପଣେଇବାକୁ ଯାଉଛନ୍ତି। କୌଣସି ସ୍ୱତନ୍ତ୍ର ରାଜପଥ ନିର୍ମାଣ ନୁହେଁ, ବରଂ ୩୧୦ ମାଇଲ ବା ୫୦୦ କି.ମି. ଦୀର୍ଘ ଏକ କନଭେୟର୍ ବେଲ୍ଟ ସ୍ଥାପନ କରି ପରିବହନ ସମସ୍ୟାର ସମୟୋଚିତ ସମାଧାନ କରିବାକୁ ଜାପାନ ସରକାର ଯୋଜନା କରିଛନ୍ତି। ଗୋଟିଏ ଗୁଳିରେ ଦୁଇଟି ଶିକାର କଲା ଭଳି ଏହାଦ୍ୱାରା ଜାପାନରେ ଦେଖାଦେଇଥିବା ଟ୍ରକ୍ ଚାଳକଙ୍କ ଘୋର ଅଭାବ ଜନିତ ସମସ୍ୟାର ସମାଧାନ ସହ ଟ୍ରକ୍ ଧୂଆଁ ହେତୁ ପରିବେଶ ପ୍ରଦୂଷଣକୁ ମଧ୍ୟ ରୋକିବାର ପରିକଳ୍ପନା କରାଯାଇଛି। ଅତ୍ୟାଧୁନିକ ଜ୍ଞାନକୌଶଳରେ ନିର୍ମିତ ହେବାକୁ ଥିବା ଏହି ସ୍ୱୟଂଚାଳିତ କନଭେୟର ବେଲ୍ଟରେ ଦୈନିକ ୨୫ ହଜାର ଟ୍ରକଭର୍ତି ପରିମାଣର ପଣ୍ୟ ପରିବହନ ହୋଇପାରିବ ବୋଲି ଆକଳନ କରାଯାଇଛି। ସୂଚନାଯୋଗ୍ୟ, ଜାପାନ ପରି ଉନ୍ନତ ଦେଶରେ ପଣ୍ୟ ପରିବହନ ପାଇଁ ଆବଶ୍ୟକ ସଂଖ୍ୟକ ଗାଡ଼ି ଚାଳକଙ୍କ ଅଭାବ ଲାଗି ରହିଛି। ଏକ ପରିସଂଖ୍ୟାନ ଅନୁଯାୟୀ, ୨୦୨୦ ମସିହାରେ ଦେଶର ମୋଟ ପଣ୍ୟ ପରିବହନ ପାଇଁ ୬.୬ ଲକ୍ଷ ମାଲବାହୀ ଗାଡ଼ି ଚାଳକ ରହିଥିବା ବେଳେ ତାହା ପର୍ଯ୍ୟାପ୍ତ ନୁହେଁ। ଏପରିକି ୨୦୩୦ ବେଳକୁ ସେହି ସଂଖ୍ୟା ୩୬ ପ୍ରତିଶତ ହ୍ରାସ ପାଇ ପ୍ରାୟ ୪.୮ ଲକ୍ଷରେ ପହଂଚିବ। ଅର୍ଥାତ୍ ୨୦୨୦ ମସିହାରେ ଦେଶର ମୋଟ ୧୪୩ କୋଟି ଟନ୍ ଓଜନର ପଣ୍ୟ ପରିବହନ ହୋଇଥିବା ବେଳେ ୨୦୩୦ ବେଳକୁ ଉପଲବ୍ଧ ଗାଡ଼ିଚାଳକଙ୍କ ଦ୍ୱାରା ୧୪୦ କୋଟି ଟନ୍ ମାଲ୍ ପରିବହନ ହୋଇପାରିବ। ଏହି ସ୍ୱୟଂଚାଳିତ ରାସ୍ତା ଜାପାନରେ ଦେଖାଦେଇଥିବା ଟ୍ରକ୍ ଚାଳକଙ୍କ ଅଭାବ ଜନିତ ସମସ୍ୟାର ସମାଧାନ ସହ ଟ୍ରକ୍ ଧୂଆଁ ହେତୁ ହେଉଥିବା ପରିବେଶ ପ୍ରଦୂଷଣକୁ ମଧ୍ୟ ଦୂର କରିବ। ଏପରି ମାଲ୍ ପରିବହନରେ ହ୍ରାସ ଦେଶର ଅର୍ଥନୈତିକ ଅଭିବୃଦ୍ଧିକୁ ପ୍ରଭାବିତ କରିବାର ଆଶଙ୍କା ରହିଛି। ତେଣୁ ତାହାର ମୁକାବିଲା ପାଇଁ ସରକାର ଏପରି ଏକ ସୁଦୀର୍ଘ କନ୍‌ଭେୟର ବେଲ୍ଟ ସ୍ଥାପନ ପାଇଁ ଯୋଜନା କରିଛନ୍ତି। ଦିନକୁ ଚବିଶଘଂଟା ସ୍ୱୟଂଚାଳିତ ଭାବେ ଏହି ବେଲ୍ଟ ମାଧ୍ୟମରେ ଯେତିକି ମାଲ୍ ପରିବହନ ହୋଇପାରିବ ତାହା ଦୈନିକ ୨୫ ହଜାର ଟ୍ରକ୍ ତଥା ଗାଡ଼ିଚାଳକଙ୍କ କାମ ସଙ୍ଗେ ସମାନ ହେବ ବୋଲି ଆକଳନ କରାଯାଉଛି। ଏଥି ସହିତ ପାରମ୍ପରିକ ଟ୍ରକ୍ ପରିବହନ ଜନିତ ଏତେ ସଂଖ୍ୟକ ଟ୍ରକ୍‌ରୁ ନିଷ୍କାସିତ ପ୍ରଭୂତ ପରିମାଣର ଅଙ୍ଗାରକାମ୍ଳ ବାଷ୍ପ ମଧ୍ୟ ଆଉ ବାୟୁମଣ୍ଡଳରେ ମିଶିବାର ସମ୍ଭାବନା ରହିବନି। ସୁତରାଂ ଏହି ସୁଦକ୍ଷ ତଥା ସବୁଜ ପ୍ରକଳ୍ପ ସରକାରଙ୍କୁ ଉଭୟ ଦିଗରୁ ଆଶ୍ୱସ୍ତ କରିବ ବୋଲି ଆଶା କରାଯାଉଛି।



# ସୁଟିଂ ବେଳେ ଆହତ ହେଲେ ଉର୍ବଶୀ



ସୁଟିଂ ବେଳେ ଗୁରୁତର ଆହତ ହେଲେ ଉର୍ବଶୀ ରାଉତେଲା। ସୂଚନା ଅନୁସାରେ ତାଙ୍କ ହାତରେ ଗଭୀର ଆଘାତ ଲାଗିବା କାରଣରୁ ତାଙ୍କୁ ହାଇଦ୍ରାବାଦର ଏକ ହସ୍ପିଟାଲରେ ଭର୍ତି କରାଯାଇଛି। ବର୍ତମାନ ଅଭିନେତ୍ରୀ ଚିକିତ୍ସିତ ହେଉଛନ୍ତି। ବାସ୍ତବରେ, ଫ୍ରି ପ୍ରେସ ଜର୍ଣ୍ଣାଲର ରିପୋର୍ଟ ଅନୁଯାୟୀ, ଉର୍ବଶୀ ହାଇଦ୍ରାବାଦରେ ନନ୍ଦାମୁରୀ ବାଲାକ୍ରିଷ୍ଣାଙ୍କ ଆଗାମୀ ତେଲୁଗୁ ଚଳଚ୍ଚିତ୍ର ଏନ୍‌ବିକେ ୧୦୯ ରେ ପାଇଁ ସୁଟିଂ କରୁଛନ୍ତି। ଏହି ଚଳଚ୍ଚିତ୍ରର ଏକ ଆକ୍ସନ୍ ସିନ୍ ସୁଟିଂ ହେବା ବେଳେ ଅଭିନେତ୍ରୀ ଆହତ ହୋଇଥିଲେ। ଯାହା ପରେ ତାଙ୍କୁ ବର୍ତମାନ ଡାକ୍ତରଖାନାରେ ଭର୍ତି କରାଯାଇଛି। ତାଙ୍କ ହାତ ଭାଙ୍ଗି ଯାଇଥିବା ନେଇ ସୂଚନା ରହିଛି। ଉର୍ବଶୀ ରାଉତେଲା ଏହି ଫିଲ୍ମରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ନଜର ଆସିବେ। ଏହି ଚଳଚ୍ଚିତ୍ରର ସୁଟିଂ ହାଇଦ୍ରାବାଦରେ ଜାରି ରହିଛି। ସୁଟିଂ ବେଳେ ଅଭିନେତ୍ରୀ ଗୁରୁତର ଆହତ ହୋଇଛନ୍ତି। ଉର୍ବଶୀ ଡାକ୍ତରଖାନାରୁ କୌଣସି ଫଟୋ କିମ୍ବା ଭିଡିଓ ପ୍ରକାଶ ପାଇନାହିଁ। ବର୍ତମାନ ପ୍ରଶଂସକମାନେ ଅଭିନେତ୍ରୀଙ୍କ ଶୀଘ୍ର ଆରୋଗ୍ୟ ପାଇଁ ପ୍ରାର୍ଥନା କରୁଛନ୍ତି। ତେବେ ଏହି ଚଳଚ୍ଚିତ୍ରରେ ବବି ଦେଓଲ ମଧ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ନଜର ଆସିବେ। ଅକ୍ଟୋବର ୨୦୨୪ ସୁଦ୍ଧା ଏହି ଚଳଚ୍ଚିତ୍ର ମୁକ୍ତିଲାଭ ହୋଇପାରେ।

# ସାମ୍ନାକୁ ଆସିଲା ଶାହରୁଖ ଖାନଙ୍କ ୩୬ ବର୍ଷ ପୁରୁଣା ଭିଡିଓ

ବଲିଉଡର ବାଦଶାହ ଶାହରୁଖ ଖାନଙ୍କ ପ୍ରଶଂସକ ଖାଲି ଦେଶ ନୁହେଁ, ବିଦେଶରେ ମଧ୍ୟ। ତାଙ୍କ ବ୍ୟକ୍ତିତ୍ୱ ସମସ୍ତଙ୍କୁ ଆକର୍ଷିତ କରିଥାଏ। କିନ୍ତୁ ଆପଣ ଜାଣିଛନ୍ତି କି ୧୦୦ରୁ ଅଧିକ ଫିଲ୍ମରେ କାମ କରିଥିବା ଶାହରୁଖ ଖାନ ନିଜ ଅଭିନୟ କ୍ୟାରିୟର ଏକ ଟେଲିଭିଜନ ଧାରାବାହିକରୁ ଆରମ୍ଭ କରିଥିଲେ। ତାଙ୍କ ପ୍ରଥମ ସିରିଏଲର ନାଁ ଥିଲା 'ଦିଲ ଦରିୟା'। ୩୬ ବର୍ଷ ପୂର୍ବରୁ ଆସିଥିବା ଏହି ସିରିଏଲର କିଛି କ୍ଲିପ୍ ଏବେ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେଉଛି। ଏଥିରେ ଶାହରୁଖ ଖାନଙ୍କୁ ଦେଖି ଦର୍ଶକ ପୁଣି ନିଜ ହୃଦୟ ଦେଇ ବସୁଛନ୍ତି। ଫିଲ୍ମ ଇଣ୍ଡଷ୍ଟ୍ରିରେ ପାଦ ରଖିବା ପୂର୍ବରୁ ବଲିଉଡ ବାଦଶାହ ଶାହରୁଖ ଖାନ୍ ୧୯୮୮ରେ ଟିଭିରେ ଡେବ୍ୟୁ କରିଥିଲେ। ଏହା ପରେ ସେ ଫୌଜି ଓ ହମ୍ ପାଂଚ ଜୈସେ ସିରିଏଲରେ ମଧ୍ୟ କାମ କରିଥିଲେ।




# —'ପ୍ରହେଳିକା'—

ଓହୋ ! ଆଜି ଟିକେ ମନଟା ଶାନ୍ତି ପାଇଲା, ମୁଁ ମୋ ସ୍ୱାମୀ କୁମାରଙ୍କ ସହ ଗାଁରୁ ଫେରିଲି, ଘର ଗଳି ମୋଡରୁ ମୁଁ କାର୍ କାଚ ଖୋଲି ବାସ୍ ଚାହିଁ ରହିଥିଲି ମୋ ପାଖ ଫ୍ଲାଟଟିକୁ ଦେଖିବି। ସେଟା ଘର କମ୍, ପାର୍କ ବେଶୀ ଲାଗେ, ସେ ବଗିଚାର ରଙ୍ଗ ବେରଙ୍ଗୀ ଫୁଲ, ଗଛ, ମହ ମହ ବାସୁଥିବା ମଲ୍ଲି, ଚମ୍ପା ଆଦି ଯେମିତି ମତେ ଖତେଇ ହୁଅନ୍ତି। ହେଲେ ଆଜି ଆଠ ଦିନ ପରେ ଗାଁରୁ ଫେରି ନିଜ ଘର ଆଡେ ନଦେଖି ପାଖ ଘରକୁ ତନଖି କରି ଦେଖିଲି, ଫୁଲ ଗଛ ସବୁ ଝାଉଁଳି ପଡିଛି, ଗେଟ୍‌ରୁ ଘର ଯାଏଁ ପଡିଥିବା ଟାଇଲ୍ ସୁଖିଲା ପତ୍ରରେ ଭରା। ମତେ ଭାରି ଶାନ୍ତି ଲାଗିଲା, ମୋ ଚେହେରାର ସ୍ମିତ ହସ ଦେଖି କୁମାର ପଚାରିଲେ କ'ଣ ନିଜ ଘର ଦେଖି ଖୁସି ହଉଛ ? ମୁଁ କିନ୍ତୁ ମୋ ଖୁସିର କାରଣ ଟା କହିଲି ନାହିଁ, କାରଣ ଆଗରୁ ବହୁଥର ସେ ପାଖ ଘର କଥା କହି ମୋ ସ୍ୱାମୀଙ୍କ ଠାରୁ ପ୍ରବଚନ ଶୁଣି ସାରିଛି। ତେଣୁ ଚୁପ୍ ରହିବା ଶ୍ରେୟ ମଣିଲି।

ମୁଁ ମାନସୀ ଭୁବନେଶ୍ୱର ପୁଣି ଶହିଦନଗରରେ ତିନି ମହଲା କୋଠାର ମାଲିକାଣୀ। ମୋ ଘର ଅଗଣାରେ ବି ବହୁତ ଖାଲି ଜାଗା, ଉପର ଘର ଭଡାଟିଆ ରୁହନ୍ତି, ମୋ ପାଖ ଘରଟା ମୁଁ ଘର ତୋଳିବା ଆଗରୁ ଥିଲା। କେହି ଯିବା ଆସିବା କେବେ ଦେଖିନଥିଲି। ମୋର ଏ ଘରେ ରହିବା ପ୍ରାୟ ୧୦ ବର୍ଷ ହେଲାଣି। ପିଲାମାନେ ବଡ ହୋଇ ଯେଝା ସଂସାର ଧରି ବଡ ବମ୍ବେରେ ତ ସାନ ବାଙ୍ଗାଲୋର୍‌ରେ। ମୋ ସ୍ୱାମୀ ରିଟାୟଡ୍ ପ୍ରଶାସନିକ ଅଧିକାରୀ। ମୋ ଶାଶୁ ଘରେ ବି ମୋରି ରାଜୁତି, କାରଣ କୁମାର ବାପା ମା'ଙ୍କର ଏକମାତ୍ର ପୁଅ । ମୋର କେମିତି ବାହାଘର ହେଲା, କେତେ ଧନ ସମ୍ପତି ମୋ ବାପା ଦେଇଥିଲେ ଏ ସବୁ ମୁଁ ଆମ କାମବାଲି ମାଧ୍ୟମରେ ଆମ ପର ଆଖ ପାଖରେ ପହଂଚାଇ ଦେଇଛି। ତା'ପରେ ଲାଗେ ସମସ୍ତେ ମତେ ଖୁବ୍ ସମ୍ମାନ ଭରା ଚାହାଣୀରେ ଦେଖନ୍ତି। ପାଖ ଘରଟା ବାସ୍ ଗୋଟେ ମହଲା ଘର, ମୋର ସେ ଗଳିର ଦ୍ୱିତୀୟ ଘର, ଉତରା ପବନ ମୋ ଘରକୁ ବେସ୍ ସୁରୁ ଖୁରୁରେ ଆସେ। ହଠାତ୍ ଦିନେ ସକାଳୁ ଗୋଟେ ଟ୍ରକ୍ ଆସି ରହିଲା। ଧୁମ୍ ଧାମ୍ ଶବ୍ଦରେ ଝରକା ବାଟେ ଦେଖିଲି ସେ ପାଖ ଘରେ ଲୋକ ଆସିଛନ୍ତି ରହିବାକୁ। ସନ୍ଧ୍ୟା ଯାଏଁ ଘରେ ଲୋକ ଯିବା ଆସିବା ଲାଗିଥିଲା ସେ ଘରକୁ। ମନେମନେ ସ୍ଥିର କଲି କାଲି ଯାଇ ସେ ଘରେ କିଏ ରହିଲେ, ସବୁ ବୁଝିବି, ମୋ ଘର କାମବାଲି ଟିକେ ଡେରିରେ ଆସେ। ସେ ଆସିଲେ ତାକୁ ପଠେଇ ସେ ଘର ଲୋକ ଭଡାଟିଆ ନା ନିଜେ ମାଲିକ ବୁଝିନେବି, ଏମିତି ଭାବୁ ଭାବୁ ଟା' କରୁଥିଲି, ରୋଷେଇ ଘର ଝରକା ବାଟେ ଦେଖିଲି ସେ ଘର ଗେଟ୍ ଖୋଲି ଗୋଟେ ମଧ୍ୟ ବୟସ୍କା... ନା' ବୋଧେ ତିରିଷ କି ବତିଷ ବର୍ଷର ବେଶ୍ ଡେଙ୍ଗା, ଗୋରା, ସ୍ତ୍ରୀ ଲୋକଟିଏ କାନ୍ଧରେ ଭ୍ୟାନିଟ୍ ବ୍ୟାଗ ପକାଇ ମୋ ଘର ଆଗଦେଇ ଚାଲିଗଲା। ମୋର ଏଡେ ବଡ ସୁନ୍ଦର ଘର ଆଡେ ଟିକେ ଅନେଇଲାନି ମଧ୍ୟ। ଛାଡ କାମବାଲି ଆସୁ, ସବୁ ଖବର ବୁଝିବି। ବେଶ୍ କିଛି ସମୟ ପରେ ଛବି (ମୋ କାମବାଲି) ଆସିଲା, ସେ ଆସୁ ଆସୁ ତାକୁ ପଠେଇଲି ଯା ପାଖ ଘରେ ବୁଝି ଆସିବୁ କିଏ ରହିଲେ, କ'ଣ କରନ୍ତି ଇତ୍ୟାଦି। ସେ ବି ଖୁବ୍ ଆଗ୍ରହରେ ଗୋଟେ ନୂଆ ଘରେ କାମ ପାଇବା ଆଶାରେ ଚାଲିଲା ତାଙ୍କ ଘର ଆଡେ। ହେଲେ ଦୁଇ ମିନିଟ୍‌ରେ ଫେରି ଆସି କହିଲା ମା' ଘରେ ତ ତାଲା ପଡିଛି, ଆଉ ଗେଟ୍‌ରେ ନାମଫଳକ ବି ନାହିଁ ବାସ୍ ଲେଖା ହୋଇଛି "ଶହିଦ୍ ଭବନ"। ଶୁଣୁ ଶୁଣୁ ମୋ ପାଟିରୁ ବାହାରିଲା ଏ କି ନାମ ! ମୋ ଘର ନାମ "ସ୍ୱାତୀ ନିଳୟ", ମୋ ଶାଶୁଙ୍କ ନା। ଆଉ ଏ କି ଲୋକ ଯେ ଏମିତି ଗୋଟେ ଅପଦସିଆ ନାଁ ଦେଇଛନ୍ତି କେଜାଣି। ଦିନସାରା ମୋର ଟିଭି ସିରିଏଲ, ୟୁ ଟ୍ୟୁବ୍‌ରେ କଟିଲା। ଯେମିତି ପାଂଚ ବାଜିଲା ମୁଁ ମୋ ଘର ବାରଣ୍ଡାରେ ଲାଗିଥିବା ଦୋଳାୟମାନ ଚେୟାରରେ ଆସି ବସି ପଡିଲି। ସେ ପାଖ ଘର ମହିଳା ବୋଧେ କର୍ମଜୀବି, ସେ ଫେରିଲେ ନିଶ୍ଚୟ ମୋର ଏ ବିଶାଳ ଅଟାଳିକା ଆଡେ ଚାହିଁବେ, ଆଉ ମୁଁ ମୌକା ଦେଖି ତା ନାଁ -ଗାଁ ସବୁ ବୁଝିନେବି, ସନ୍ଧ୍ୟା ଗଡିଲାଣି ହେଲେ ସେ ମହିଳାର ଦେଖାନାହିଁ। ବାସ୍ ଉଠି ଘର ଆଡେ ମୁହାଁଇଲା ବେଳକୁ ସେ ମୋ ଗେଟ୍ ସିଧାରେ, ମୁଁ ବାସ୍ ତାକୁ ଚାହିଁ ରହିଲି କି ସେ ମୋ ଘର ଆଡେ ଚାହିଁଲେ ମୁଁ ଗୋଟେ ହସ ଦେବି ଯେ, ସେ ବଳେ ଠିଆ ହେଇ ନମସ୍କାର କରି ଆପେ ଆପେ ତା' ପରିଚୟ ଦେଇ ଦେବ। ହୁଏତ ମୋ ଠାରୁ କିଛି ଟିପ୍‌ସ ନେଇ ପାରେ। ହେଲେ ସେମିତି କିଛି ହେଲାନି, ସେ ନିର୍ବିକାର ଭାବେ ତା' ଘର ଭିତରକୁ ଚାଲିଗଲା, ମୁଁ ମନେ ମନେ କହିଲି କି ଗର୍ବି ସ୍ତ୍ରୀ ଲୋକଟା, ହାତରେ ଚୁଡି ନାହିଁ କି ମଥାରେ ସିନ୍ଦୁର ନାହିଁ, ବୋଧେ ଅଭିଆଡିଟେ। ହଉ କାଲି ଛବି ଆସୁ ! ମୁଁ ମୋ ଘର କାମରେ ଲାଗିଲି, ତା' ପରେ ମୋ ଚିରା ଚରିତ ସିରିୟଲ ଦେଖା। କୁମାର କ୍ଲବ ଯାଇଥିଲେ, ଫେରୁ ଫେରୁ କହିଲେ ଦେଖିଲଣି ମାନସୀ ପାଖ ଘର ଆଗରେ ଟ୍ରଲି ରିକ୍ସାରେ କେତେ ଫୁଲ କୁଣ୍ଡ, ଗଛ ଚାରା ! ମୁଁ ବି ଝରକା ପାଖକୁ ଯାଇ ଦେଖିଲି, ସେ ସ୍ତ୍ରୀ ଲୋକଟି ଚୁଡିଦାର କମିଜ୍‌ଟେ ପିନ୍ଧି ଘର ବାରଣ୍ଡାରେ ଠିଆ ହେଇଛି, ତା' ପାଖରେ ହ୍ୱିଲ୍ ଚେୟାରରେ ଜଣେ ବୟସ୍କ ପୁରୁଷ, ମନେ ମନେ ଭାବିଲି ବାପ-ଝିଅ ହେଇଥିବେ, ହେଲେ ଏତେ ଗୁଡେ ଲାଇଟ୍ କ'ଣ ଲଗେଇଛନ୍ତି ପୁରା ରାସ୍ତା ଯାଏଁ ଆଲୁଅ ପଡୁଛି ! ମୁଁ ତ ପୁରା ଏ ମାମଲାରେ ସିରିୟସ୍। ଯେତିକି କମ୍ ଲାଇଟ୍-ଫ୍ୟାନ ଓ ଟେମ୍ପରେଚର ୪୦ ଡିଗ୍ରୀ ନ ଟପିବା ଯାଏଁ ଏସି ବି ଲଗାଏନି। ସେମିତି ତାଗିଦ୍ ବି ଭଡାଟିଆଙ୍କୁ କରିଛି। ନା' ଲାଇଟ୍ ବାବଦରେ ନୁହେଁ, ସେମାନେ ବିଲ୍ ଦଉଛନ୍ତି, ଜାଳନ୍ତୁ କେତେ ଜାଳିବେ। ପାଣି କିନ୍ତୁ ଦେଖି ଚାହିଁ ଖର୍ଚ୍ଚ କରିବେ କାରଣ ପାଣିଟା ମାଗଣା ଦେବା ଲାଗି ଚୁକ୍ତି କରିଛି ପରା। ହେଲେ ଏ ପାଖ ଘର "ଶହିଦ୍ ଭବନ" ବାଲା କ'ଣ ପାଗଳ କି ? ଏତେ ଲାଇଟ୍, ପୁଣି ଏତେ ଗଛ ଯଦି ଲଗେଇବେ କେତେ ପାଣି ସାରିବେ, ହଉ ତାଙ୍କର ବିଲ୍ ଉଠିବ ମୋର କ'ଣ ଅଛି। ମୁହଁକୁ ବୁଲେଇ ରାତି ଖାଇବା ଲାଗି ବସିଲୁ। କୁମାର ଥଟ୍ଟା କରି କହିଲେ କ'ଣ ପାଖ ଘର ଲୋକେ ତମ ପ୍ରତିପତି ଜାଣିଲେଣି ନା ନାହିଁ ? ମୁଁ ବିରକ୍ତ ହେଇ ଚୁପ୍ ହିଁ ରହିଲି। ଏମିତି ତା' ପରଦିନ ଛବିକୁ ପଠାଇଲି, ସେ ଘର ବିଷୟରେ ବିସ୍ତୃତ ବିବରଣୀ ଆଣିବା ସହ ମୋ ବିଷୟରେ ଟିକେ କହିବ ବୋଲି। ସେ ବେଶ୍ ଅଧ ଘଂଟା ପରେ ଫେରିଲା, ହସ ହସ ମୁହଁରେ କହିଲା ମା' ସେ ଘର ଦିଦି ବହୁତ ଭଲ। ମତେ ଚୌକିରେ ବସିବାକୁ ଦେଲେ, କଫି ବି ଦେଲେ। କାମ କଥା ମନା କଲେ କିନ୍ତୁ କହିଲେ ବଗିଚା କାମରେ ଟିକେ ସାହାଯ୍ୟ କରିବ କି ? ମୁଁ ହଁ କହିଲି, ତାଙ୍କ ବାପାଙ୍କ ଆଡେ ଚାହିଁ ପଚାରିଲେ ବାପା ଦିନ ସାରା ଘରେ ଏକଲା ଲାଗୁଛି କି ଏଠି ? କହିବେ ତ ମୁଁ ଛବି ଭଉଣୀକୁ କହି କାହାକୁ ଘରେ ସନ୍ଧ୍ୟା ଯାଏଁ ରଖିଦେବା। ବାପା ତାଙ୍କର ବି କେତେ ଭଲ, କହିଲେ ନା' ମା ତୁ ତ ସବୁ ହାତ ପାଖେ ଖଞ୍ଜି ଦେଇ ଯାଉଛୁ। ଏ ଝିଅଟି ବାସ୍ ବଗିଚା ଟିକୁ ରଙ୍ଗରେ ଭରିବାରେ ସାହାଯ୍ୟ କଲେ ବହୁତ। ମୁଁ ଅଧାରୁ ତାକୁ ଚୁପ୍ କରେଇ ଟିକେ ରୁକ୍ଷ ଗଳାରେ କହିଲି, ହେ କହ ତା' ନାଁ କ'ଣ ? ବାହା ହେଇଛି କି ନା, କି ଚାକିରୀ... ଆଉ ମୋ ବିଷୟରେ କହିଲୁ କି ନାହିଁ। ଛବିର ହସ ବନ୍ଦ ହେଇଗଲା, କହିଲା ମା' ସେ ଦିଦିର କଥା ଏତେ ସୁନ୍ଦର ଯେ, ମୁଁ ସବୁ ଭୁଲିଗଲି, ହଉ କାଲି ସନ୍ଧ୍ୟା ୫ଟାରେ ତାଙ୍କ ସହ ବଗିଚା କାମ କଲାବେଳେ ବୁଝିନେବି। ବେସ୍ ଛଅଟା ମାସରେ ସେ ବଗିଚା ଗୋଟେ ପାର୍କ ହେଇସାରିଥିଲା। ତା'ର ଖାଲି ନା'ଟି ଛବି ବୁଝିଥିଲା "ସୁଜାତା" ବାକି ସେ କୁଆଡେ କଥା ବେଶି ହୁଏନି। ଛଅ ମାସରେ ବହୁ ଚେଷ୍ଟା ସତ୍ୱେ ସୁଜାତା ଥରେ ବି କଥା ହେଲାନି, ବାସ୍ ତାକୁ ଘରୁ ୯.୩୦ରେ ଯିବା ଓ ୫ ଟାରେ ଫେରି ସନ୍ଧ୍ୟା ୭ଟା ଯାଏଁ ବଗିଚାରେ ଦେଖେ। ରବିବାର ତ ସେ ବାପ-ଝିଅ ଦିନ ସାରା ବଗିଚା କାମରେ ଲାଗିପଡନ୍ତି। ବସନ୍ତ ଋତୁ କ'ଣ ବୋଧେ ମୁଁ ପ୍ରଥମ ଥର ଅନୁଭବ କଲି। ଛାତ ଉପରୁ ତା ବଗିଚାକୁ ଦେଖେ, କେତେ ଫୁଲ, କେତେ ରଙ୍ଗ ବେରଙ୍ଗ ଗଛ। ବାସ୍ନା ବି ଏମିତି ଖେଳେଇ ହେଇଯାଏ କି ମୋ ତିନି ମହଲା ଛାତ ଯାଏଁ ପହଚେଂ। ସେତେବେଳେ ମୁଁ ମୋ ବଗିଚାକୁ ଦେଖେ ୪ ଟା ନଡିଆ ଗଛ। ଆଉ ତା ବଗିଚାରେ ମହ ମହ ବାସ୍ନା ଓ ମୋ ଭଡାଟିଆଠାରୁ ସ୍ୱାମୀ ପର୍ଯ୍ୟନ୍ତ ତା'ର ବଗିଚାର ପ୍ରଶଂସା ମତେ ଯେମିତି କଂଟା ଫୋଡିଲା ଭଳି ଲାଗୁଥିଲା। ମନେ ମନେ କହୁଥିଲି ସୁଜାତା ନା' ରହସ୍ୟମୟୀ। ଏମିତି ଦିନେ ଅଦିନିଆ ଝଡ ବର୍ଷା ହେଲା, ମୁଁ ପବନ ଦେଖି ଖୁସିରେ ଠାକୁରଙ୍କୁ ଧନ୍ୟବାଦ ଦେଲି, ଏଥର ତା ବଗିଚା ଗଲା, ପ୍ରଭୁ ମୋ କଥା ଶୁଣିଲେ। ବଡ ଆନନ୍ଦରେ ରାତି ପାହିବା ଅପେକ୍ଷାରେ ବହୁତ ଡେରିରେ ଶୋଇଲି। ସକାଳୁ ବି ଟିକେ ଡେରି ହେଲା ଉଠିବାରେ । ଉଠି ଦେଖିଲି ମୋ ସ୍ୱାମୀ ବାରଣ୍ଡାରେ କାହାକୁ ଫୋନ୍‌ରେ ଅନୁରୋଧ କରୁଛନ୍ତି, ଯେମିତି ହଉ ୨ଟା ମୁଲିଆ ଦରକାର। ଗଛ ପଡି ରାସ୍ତା ଅବରୋଧ। ମୁଁ ଭିତରୁ ହିଁ ବଡ ପାଟିରେ କହିଲି ତମର ଏତେ କାହା ଲାଗି ଦରଦ ଦେଖେଇବା ଦରକାର ନାହିଁ, ସେ ପାର୍କ କରି ମତେ ଖତେଇ ହେଉଥିଲା, ଏବେ ନିଜେ ଭୋଗୁ। କୁମାର ରାଗି ଉଠି ଫୋନ୍ କାଟି, ମୋ ହାତଧରି ବାରଣ୍ଡାକୁ ଟାଣି ନେଲେ କହିଲେ ଦେଖ....ମୁଁ ତାଟକା ମୋ ଅଗଣାର ନଡିଆ ଗଛରୁ ୨ଟା ମୂଳରୁ ଉପୁଡି ଏମିତି ପଡିଛି ଯେ ଗେଟ୍ ଖୋଲିବା ବି ଅସମ୍ଭବ। ତଥାପି ମୁଁ ଗୋଡ ଟେକି ସେ ଶହିଦ ଭବନ ଆଡେ ଚାହିଁଲି, ଆରେ ଏ କ'ଣ ସେ ସୁଜାତା ଓ ଛବି ଗଡି ପଡିଥିବା କୁଣ୍ଡ ଗୁଡା ସଜାଡୁଛନ୍ତି, ଆଉ ବାକି ରକମ୍ ରକମ୍ ଫୁଲ ଗଛ ସେମିତି ମତେ ଚାହିଁ ଖତେଇ ହଉଛନ୍ତି। ମନ ମାରି ରହିଲି, ଭଡାଟିଆ ମାନେ ବି ଗୋଟେ ଗୋଟେ କରି ସିଆଡେ ଢ଼ଳିଲେଣି, କିନ୍ତୁ ମୁଁ ତ ସଂଭ୍ରାନ୍ତ ଘରର, ପୁଣି ମୋ ସ୍ୱାମୀ ପ୍ରଶାସନିକ ଅଧିକାରୀ ଥିଲେ ମୁଁ ବା କାହିଁକି ମୋ ଆଡୁ ଯିବି ! ସେ ଆସୁନି। ବାସ୍ ଏତିକି କନଫର୍ମ ହେଇଥିଲି ସେ ଭଡାଟିଆ ନୁହେଁ, ସେ ବୁଢ଼ା ଘର ମାଲିକ। ବୁଢ଼ା ତ ହ୍ୱିଲ୍ ଚେୟାରରେ ସେଥିଲାଗି ବଡ଼ିଲା ଝିଅକୁ ବୋଧେ ବାହା ନ ଦେଇ ଘରେ ରଖିଛି।

ଦିନେ ସାହସ କରି ପାଚେରି ଏପଟୁ ପାଟି କରି କହିଲି, ଆଜ୍ଞା ମୋ ପାଚେରି ଆଡେ ଆପଣଙ୍କ ଫୁଲ ଲଟା ମାଡୁଛି, ତାକୁ ନିଜ ପଟେ ରଖ, ନ ହେଲେ ଲୁଣ ପାଣି ଢାଳିଦେବି, ସେ କିଛି କହିଲାନି ବାସ୍ ଚାହିଁଲା ଆଉ କହିଲା ହଉ ଆଜ୍ଞା ମୁଁ କାଢ଼ିଦେବି, ସେମାନେ ତ ଗଛ, ସେ ବା କ'ଣ ଜାଣନ୍ତି ବନ୍ଧ ବାଡ ! ହଉ କ୍ଷମା କରିବେ। ତା' ପରେ ଆଉ ସେ କେବେ ନା କଥା ହେଇଥିଲା, ନା ମତେ ମୌକା ଦେଲା କିଛି କହିବାକୁ। ମୋର ମୋ ସ୍ୱାମୀଙ୍କ ସହ ଗାଁକୁ ଯିବାର ଥିଲା, ତ ଛବିକୁ ୧୦ ଦିନ କାମକୁ ନ ଆସିବାକୁ କହି, ଫେରିଲେ ତୋ ଲାଗି ଶାଢ଼ି ଆଣିବି କହିଲି, ସେ ବି ଭାରି ମୁହଁ ଖୋର୍ ସଙ୍ଗେ ସଙ୍ଗେ କହିଲା ନା ମା ଥାଉ, ସୁଜାତା ଦିଦି ଏବେ ୪ ଖଣ୍ଡ ଭଲ ଲୁଗା ଦେଇଛନ୍ତି, ତାକୁ ମୁଁ ବାହା-ବଜାର ଗଲେ ପିନ୍ଧୁଛି। ଆପଣ ଯେଉଁ ଲୁଗା ଦିଅନ୍ତି ସେ ଗୁଡା ବେଶିଦିନ ଘରେ ବି ପିନ୍ଧି ହୁଏନି। ମୁଁ ନିଜକୁ ହାରିବା ଦେଖି ପାରିବିନି, ତ ଛବିକୁ ଧମକଟେ ଦେଲି ଏତେ ଭଲ ସେ ଦିଦି ତ ମୋ ଘର ଓ ମୋ ଭଡାଟିଆଙ୍କ ଘର କାମ ଛାଡି ଦଉନୁ। ସେ ଗୋଡ କଚି ରୋଷେଇ ଘରକୁ ଚାଲିଗଲା। ସକାଳୁ ଆମେ ଦମ୍ପତି ବାହାରେ ବସି ଚାହା ପିଉ। ହେଲେ ଏ ତିନି ମାସରେ ସେ ଶହିଦ ଭବନ ରୁ ଭାସି ଆସୁଥିବା ରକମ-ରକମ ଫୁଲର ବାସ୍ନା ମତେ ଭାରି ଅଣନିଶ୍ୱାସୀ କରି ପକାଉଛି। ଥରେ ଥରେ ତ ତାଙ୍କ ପାଚେରୀ ପାରି ହେଇ ବାଇଗଣୀ ଅପରାଜିତା ଲତା ମୋ ଆଡେ ମାଡି ଆସନ୍ତି ତ ମୁଁ ସିଧା କଇଁଚି ଧରି କାଟି ସେ ଲଟା ସବୁ ତାଙ୍କ ପଟକୁ ଫିଙ୍ଗିଦିଏ। ମୁଁ ବାସ୍ ଏସବୁ କରେ କି ସେ ସୁଜାତା ମୋତେ କିଛି କହୁ ଆଉ ମୁଁ ବିଜୟୀ ହେବାର ସ୍ୱାଦଟା ଚାଖେ। ହେଲେ ସେ ଆଉ ତାର ସେ ବୁଢ଼ା ବାପା କିଛି କୁହନ୍ତିନି ବରଂ ହାତ ଯୋଡି ଗଛକୁ କ୍ଷମା ମାଗନ୍ତି, ଗଛ ସହ କଥା ହୁଅନ୍ତି ସତେ କି ତାଙ୍କ ଛୁଆ। ମୋର ଶାଶୁଙ୍କ ଶ୍ରାଦ୍ଧ ଲାଗି ଜାନୁଆରୀ ଶେଷରେ ଗାଁକୁ ଯିବାଟା ଦଶ ବର୍ଷର ଗୋଟେ ରୁଟିନ୍। ଜାନୁଆରୀ ଶେଷ ଶେଷ ଆଉ ତାଙ୍କ ବଗିଚା ଥଣ୍ଡା ପାଗରେ ବେଶ୍ ଫୁଲ ମୟ।

ହେଲେ ଆଜି ୧୦ ଦିନ ପରେ ଫେରି ତା' ବଗିଚା ଅବସ୍ଥା ଦେଖି ବେଶ୍ ଖୁସି ହେଲି। ସନ୍ଧ୍ୟା ଟା ଦେଇସାରି ଛବିକୁ ଫୋନ୍ କଲି ସେ ତୋ ସୁଜାତା ଦିଦି କୁଆଡେ ଗଲେ କି ? ଆଉ ତୁ କ'ଣ ତା' ବଗିଚା ଦେଖା ଶୁଣା କରୁନୁ କି ? ସେ ବହୁ କଷ୍ଟରେ କହିଲା ମା' ମୋ ଦେହ ବହୁତ ଖରାପ, ସୁଜାତା ଦିଦି ଆଉ ତାଙ୍କ ବାପା ଦିଲ୍ଲୀ ଯାଇଛନ୍ତି ବୋଲି କହିଥିଲେ। ମୁଁ ତା କଥା ଅଧାରେ, ରଖି କହିଲି ହଁ ଦିଲ୍ଲୀ ପ୍ରଧାନ ମନ୍ତ୍ରୀ ଡାକିଥିବେ ତାକୁ ଏମିତି ପାର୍କଟେ କରିଛି ବୋଲି ! ହୁଁ ଗାଁକୁ ଯାଇଥିବ, ଲାଜ ଲାଗିବ ବୋଲି ଦିଲ୍ଲୀ କହିଛି, ହଉଛାଡ ତୁ କାଲିଠାରୁ ଆସିଯିବୁ ମୁଁ ଫେରି ଆସିଲିଣି।

ହଠାତ୍ ମୋ ସ୍ୱାମୀ ପାଟି କରି ଡାକିଲେ ଏ ମାନସୀ ଜଲଦି ଆସ, ନିଉଜ ଦେଖ..... ଦେଖ.....ମୁଁ ଅନିଚ୍ଛାରେ ଗଲି, ନିୟୁଜ୍‌ର ଭଲ୍ୟୁମଟା ବଢ଼ାଇ ଦେଲେ ସେ। ଆରେ ଏ କ'ଣ ରାଷ୍ଟ୍ରପତି ଭବନର କ'ଣ ଗୋଟେ ପ୍ରୋଗ୍ରାମ, ଏଁ ଆଗ ଧାଡିରେ କ'ଣ ସେ ସୁଜାତାର ବୁଢ଼ା ବାପା ହ୍ୱିଲ୍ ଚେୟାରରେ ! ମୁଁ ଲଥ୍ କିନା ବସିଗଲି, କାନରେ ଠାଏ ଠାଏ ବାଜୁଥାଏ ଓଡିଶା ମାଟି ଗର୍ବିତ ମେଜର ମନୋଜ ମହାନ୍ତିଙ୍କୁ ପାଇ। ଦେଶ ଲାଗି ଲଢ଼ି ସେ ବମ୍ବେଠାରେ ହୋଇଥିବା ସନ୍ତ୍ରାସବାଦୀଙ୍କ ଗୁଳିମାଡରେ ଟଳିପଡିଲେ, ବାପ-ମାଙ୍କ ଏକମାତ୍ର ପୁଅ, ବାସ୍ ତିନି ମାସର ବୈବାହିକ ଜୀବନ, ସବୁ ପଛରେ ପକାଇ ମେଜର ମନୋଜ ଦେଶ ଲାଗି ଶହିଦ୍ ହୋଇଗଲେ, ଯାହାଙ୍କ ତ୍ୟାଗ ଯୋଗୁ ବମ୍ବେର ଅନେକ ବଡ ବଡ ଧ୍ୱଂସ ହେବାରୁ ରକ୍ଷା ପାଇଗଲା, ତାଙ୍କର ଧର୍ମପତ୍ନୀ ସୁଜାତା ମହାନ୍ତିଙ୍କୁ ରାଷ୍ଟ୍ରପତି ତାଙ୍କ ସ୍ୱାମୀଙ୍କ ପରମବୀର ଚକ୍ର ପ୍ରଦାନ କରୁଛନ୍ତି। ମୋ ଆଖିରୁ ଲୁହ ଝରିବାକୁ ଲାଗିଲା, ସୁଜାତା ମଠା ଶାଢ଼ୀ ସେମିତି ଠାକୁରାଣୀ ପରି ଚେହେରା, ନିର୍ବିକାର ନା ହସ ନା କାନ୍ଦ ରାଷ୍ଟ୍ରପତିଙ୍କଠାରୁ ସ୍ୱାମୀଙ୍କ ଲାଗି ଏତେବଡ ପୁରସ୍କାର ଗ୍ରହଣ କରୁଥିଲା, ଟିଭି ବାଲା ବି ଜୁମ୍ କରି ତା' ମୁହଁ ଆଡେ କ୍ୟାମେରା ଟା କରିଦେଲେ, ତା' ଆଖି ଯେମିତି ମୋ ଆଖିରେ ମିଶି ଯାଉଥାଏ, ଯେମିତି ଏ ଆଖି ମୋତେ ଅନେକ ପ୍ରଶ୍ନ ପଚାରୁଛି, ମୁଁ ଭୋ ଭୋ କି କାନ୍ଦିବାକୁ ଲାଗିଲି, ମୋ ସ୍ୱାମୀ ହତବାକ୍ ହେଇ ପଚାରୁଥିଲେ କ'ଣ ହେଲା ମାନସୀ ? ମୁଁ ସେମିତି କାନ୍ଦି କାନ୍ଦି କହୁଥିଲି ଆମ ନାତି ଯେଉଁ ସ୍କୁଲରେ ପଢୁଛି, ସେ ସ୍କୁଲକୁ ସନ୍ତ୍ରାସବାଦୀଙ୍କ କବଳରୁ ଏଇ ମେଜର ମନୋଜ ହିଁ ରକ୍ଷା କରିଥିଲେ। ସେ ମରି ମୋ ନାତି ପରି କେତେ ଛୁଆଙ୍କୁ ଜୀବନ ଦେଲେ। ଧିକ୍ ମୋ ଜୀବନ, ମାତ୍ର ତିନିମାସର ବିବାହିତା ଗୋଟେ ଶହିଦ୍‌ର ବିଧବା ଆଉ ଶ୍ୱଶୁରଙ୍କ ଦାୟିତ୍ୱ ନେଇ ବାସ୍ ନିଜ ଗଛ ଲତାକୁ ନିଜ ଛୁଆ ଭଳି ସ୍ନେହ ବାଢୁଛି, ବାସ୍ ନିଜ ଭିତର ଦୁଃଖକୁ ରଙ୍ଗ ବେରଙ୍ଗ ଫୁଲ ବଗିଚାରେ ଭରି ସେ ତା ଜୀବନର ବେରଙ୍ଗତାକୁ ଲୁଚାଇ ଚାଲିଥିଲା ଆଉ ମୁଁ କେତେ ନିଚ କଥା ସବୁ ଛି....ଛି.....

ବାସ୍ ସକାଳୁ ଉଠି ଆଉ ଚା ନ କରି ମୋ ସ୍ୱାମୀଙ୍କୁ ଡାକିଲି ଆସ, ସେ ପଚାରିଲେ କୁଆଡେ ? ଶହିଦ୍ ଭବନକୁ ସେ ନ ଫେରିବା ଯାଏଁ, ଆମ ପାଣି ପାଇପ୍‌ଟା ପାଚେରୀ ପାରକରି ବଗିଚାକୁ ଜୀବନ ଦେବା। ମୋ ସ୍ୱାମୀ ତାଟକା... ତଥାପି ଚାଲିଲେ। ମୁଁ ଗଛଗୁଡିକୁ ପାଣି ଦେବାରେ ଲାଗିଲି, ମନେମନେ କହୁଥିଲି ଏ ଶହିଦ୍ ଭବନରେ ଆଉ ଗୋଟେ ଲତାକୁ ବି ମରିବାକୁ ଦେବିନି, ସେତିକି ବେଳେ ଛବି ଆସିଲା, ଆରେ ମା' ଏ କ'ଣ ଆପଣ ଠିକ୍ ଅଛନ୍ତି ତ ? ତାକୁ କହିଲି ହଁ ଏବେ ଠିକ୍ ଅଛି, ଆଗରୁ ସେ ପ୍ରହେଳିକା କାଲି ମୋ ଆଖିରୁ ଲୁହ ହେଇ ବୋହି ଯାଇଛି, ଆ' ତୁ ବି ଲାଗିପଡ, ଘର କାମ ପରେ ହବ। ଏ ଶହିଦ୍ ଭବନ ସବୁ ବେଳେ ଫୁଲ, ପତ୍ର, ରଙ୍ଗ, ବାସ୍ନାରେ ଭରି ରଖିବା ଦାୟିତ୍ୱ ଆମର.......

# ଶିଶୁ ଶ୍ରମିକ ନିରାକରଣ ସଚେତନତା ରଥର ଶୁଭାରମ୍ଭ



ବାଲେଶ୍ୱର (ପିଏନ୍)- ଶିଶୁ ଶ୍ରମ ନିରାକରଣ, ଶିଶୁମାନଙ୍କ ଅଧିକାର ଏବଂ ବେଆଇନ ଭାବେ ଶିଶୁଙ୍କୁ କାର୍ଯ୍ୟରେ ନିୟୋଜନ ପାଇଁ ଆଇନରେ ରହିଥିବା ଦଣ୍ଡ ବ୍ୟବସ୍ଥା ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ ଏକ "ଶିଶୁ ଶ୍ରମିକ ନିରାକରଣ ସଚେତନତା ରଥ" ଆଜି ପୂର୍ବାହ୍ନରେ ସ୍ଥାନୀୟ ପ୍ରଭାଗୀୟ ଶ୍ରମ ଆୟୁକ୍ତଙ୍କ କାର୍ଯ୍ୟାଳୟରୁ ଯାତ୍ରା ଆରମ୍ଭ କରିଛି । ଜିଲ୍ଲାପାଳ ଶ୍ରୀ କେ.ସୁଦର୍ଶନ ଚକ୍ରବର୍ତୀ ପତାକା ଦେଖାଇ ଏହାର ଶୁଭାରମ୍ଭ କରିଛନ୍ତି । ଓଡିଶା ସରକାରଙ୍କ ଶ୍ରମ ଓ ରାଜ୍ୟ କର୍ମଚାରୀ ବିଭାଗ, ବାଲେଶ୍ୱର ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ଶ୍ରମ ବିଭାଗର ମିଳିତ ଆନୁକୂଲ୍ୟରେ ଶିଶୁ ଶ୍ରମିକ ଉଚ୍ଛେଦ ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିବା ବେଳେ ଏହି ରଥ ଜିଲ୍ଲାର ବିଭିନ୍ନ ସହରାଂଚଳ ଓ ବ୍ଲକ ଗସ୍ତ କରି ଲୋକମାନଙ୍କୁ ଶିଶୁ ଶ୍ରମିକ ନିରାକରଣ ସମ୍ପର୍କରେ ସଚେତନ କରିବ । ୧୪ ବର୍ଷ ପୂର୍ଣ୍ଣ କରି ନ ଥିବା ଶିଶୁଙ୍କୁ କୌଣସି ପ୍ରକାର ବୃତି ଏବଂ ପ୍ରକ୍ରିୟାରେ ତଥା ୧୫ ବର୍ଷରୁ ୧୮ ବର୍ଷ ବୟସର କିଶୋରଙ୍କୁ ବିପଦସଙ୍କୁଳ ବୃତି ଓ ପ୍ରକ୍ରିୟାରେ ନିୟୋଜନ କରିବା ଏକ ଧର୍ତବ୍ୟ ଅପରାଧ ହୋଇଥିବା ବେଳେ ଏପରି ନିୟୋଜନ କରିଥିବା ବ୍ୟକ୍ତିଙ୍କୁ ୫୦ହଜାର ଟଙ୍କା ପର୍ଯ୍ୟନ୍ତ ଜୋରିମାନା ସହ କାରାଦଣ୍ଡ ପାଇଁ ଆଇନରେ ବ୍ୟବସ୍ଥା ରହିଛି । କିଛି ଦିନର ସଚେତନତା କାର୍ଯ୍ୟକ୍ରମ ପରେ ଜିଲ୍ଲା ଶ୍ରମ ବିଭାଗ ପକ୍ଷରୁ ବିଭିନ୍ନ ବ୍ୟବସାୟିକ ପ୍ରତିଷ୍ଠାନ, କାର୍ଯ୍ୟାଳୟ ଏବଂ ଅନ୍ୟାନ୍ୟ ଅଂଚଳରେ ଚଢଉ ଆରମ୍ଭ କରାଯାଇ ଜିଲ୍ଲାରେ ଶିଶୁ ଶ୍ରମିକଙ୍କ ବାସ୍ତବିକ୍ ସ୍ଥିତିର ଆକଳନ କରାଯିବା ସହିତ ଆଇନ ଉଲ୍ଲଙ୍ଘନ କ୍ଷେତ୍ରରେ ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରଭାଗୀୟ ଶ୍ରମ ଆୟୁକ୍ତ ଶ୍ରୀ ଅଜୟ କୁମାର ପ୍ରଧାନ ସୂଚନା ଦେଇଛନ୍ତି । ଏହି ଅବସରରେ ଆମ ଜିଲ୍ଲା ତଥା ରାଜ୍ୟକୁ ଶିଶୁ ଶ୍ରମ ମୁକ୍ତ କରିବା ପାଇଁ ଜିଲ୍ଲାପାଳ ଶ୍ରୀ ଚକ୍ରବର୍ତୀ ସମସ୍ତଙ୍କ ସହଯୋଗ କାମନା କରିଥିବା ବେଳେ ଜିଲ୍ଲା ଶ୍ରମ ଅଧିକାରୀ ଶ୍ରୀ ବୃନ୍ଦାବନ ସେଠୀ, ଜିଲ୍ଲା ଶିଶୁ ମଙ୍ଗଳ କମିଟିର ସଦସ୍ୟ, ବିଭିନ୍ନ ଅନୁଷ୍ଠାନର କର୍ମକର୍ତାମାନଙ୍କ ସମେତ ଅନ୍ୟ ବିଭାଗୀୟ ଅଧିକାରୀମାନେ ଆଜିର କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

# ୫-ଟି ଯୋଜନାରେ ବଦଳୁଛି ସ୍କୁଲର ନକ୍ସା, ସୃଦୃଢ ହେଉଛି ଶିକ୍ଷା ବ୍ୟବସ୍ଥା



ଧର୍ମଶାଳା (ପିଏନ୍): ବିଦ୍ୟାଳୟଗୁଡିକର ଭିତିଭୂମିକୁ ସୁଦୃଢ଼ କରିବା ସହିତ ଛାତ୍ରଛାତ୍ରୀମାନଙ୍କ ପାଇଁ ଶୈକ୍ଷିକ ବାତାବରଣ ସୃଷ୍ଟି କରିବା ଲକ୍ଷ୍ୟରେ ରାଜ୍ୟ ସରକାର ୫-ଟି ମାଧ୍ୟମରେ ସବୁ ପ୍ରକାର ବ୍ୟବସ୍ଥା କରୁଛନ୍ତି। ଏହି ୫-ଟି ମାଧ୍ୟମରେ ରୂପାନ୍ତରିତ ସ୍ମାର୍ଟ କ୍ଲାସ ରୁମରେ ବସି ପାଠ ପଢ଼ିବା ସହିତ ଅତ୍ୟାଧୁନିକ ବ୍ୟବସ୍ଥାକୁ ଦେଖି ଖୁସି ଜାହିର କରୁଛନ୍ତି ଛାତ୍ରଛାତ୍ରୀ। ଧର୍ମଶାଳା ବ୍ଲକରେ ପ୍ରଥମ ପର୍ଯ୍ୟାୟରେ ୬ଟି ହାଇସ୍କୁଲ ରୂପାନ୍ତରଣ ହୋଇଥିବା ବେଳେ ଦ୍ୱିତୀୟ ପର୍ଯ୍ୟାୟରେ ଆଉ ୨୫ଗୋଟି ବିଦ୍ୟାଳୟର ରୂପାନ୍ତରଣ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଂଚିଛି। ଚକାଚକ୍ କ୍ଲାସ ରୁମ୍। ରୂପାନ୍ତରିକରଣ ପରେ ବଦଳୁଛି କ୍ଲାସ ରୁମର ନକ୍ସା। ଛାତ୍ରଛାତ୍ରୀମାନଙ୍କ ପଢିବା ପାଇଁ ସୁନ୍ଦର ବେଂଚ୍ ଓ ଡେକ୍ସର ବ୍ୟବସ୍ଥା ସହ ଅତ୍ୟାଧୁନିକ ଜ୍ଞାନ କୌଶଳର ବିନିଯୋଗ ହୋଇଛି। ଏହି ଯୋଜନାରେ ଧର୍ମଶାଳା ବ୍ଲକ ଜାରକା ପଂଚାୟତର ଅମରେଶ୍ୱରୀ ଉଚ୍ଚ ବିଦ୍ୟାଳୟ ସୁନ୍ଦର ପରିବେଶ ସାଙ୍ଗକୁ ଶିକ୍ଷା ପ୍ରତି ପିଲାମାନଙ୍କୁ ଆକୃଷ୍ଟ କଲା ଭଳି ବ୍ୟବସ୍ଥାକରାଯାଇଛି । ଏଠାରେ ଗୁଣାତ୍ମକ ଶିକ୍ଷାର ମାନ ବୃଦ୍ଧି ପାଇଁ ସ୍ମାର୍ଟ କ୍ଲାସ ରୁମ୍, ଇ-ଲାଇବ୍ରେରୀ, ଅତ୍ୟାଧୁନିକ ଲ୍ୟାବ, କମ୍ପ୍ୟୁଟର ହଲର ବ୍ୟବସ୍ଥା ହୋଇଛି। ଡିଜିଟାଲ ବୋର୍ଡରେ ପାଠପଢି ସ୍ମାର୍ଟ ହେଉଛନ୍ତି ଛାତ୍ରଛାତ୍ରୀ। ନୂଆ ରୂପରେ ହାଇସ୍କୁଲ ଝଲସୁଥିବା ବେଳେ କ୍ଲାସ ରୁମରେ ଅତ୍ୟାଧୁନିକ ବ୍ୟବସ୍ଥାକୁ ଦେଖି ଖୁସି ଜାହିର କରିଛନ୍ତି ଛାତ୍ରଛାତ୍ରୀ। ରାଜ୍ୟ ସରକାରଙ୍କ ଏଭଳି ଶିକ୍ଷା ବ୍ୟବସ୍ଥାକୁ ପ୍ରଶଂସା କରୁଛନ୍ତି ଅଧ୍ୟୟନରତ ଛାତ୍ରଛାତ୍ରୀ, ସ୍କୁଲର ଶିକ୍ଷକ ଶିକ୍ଷୟିତ୍ରୀ ଏବଂ ଅଭିଭାବକ। ବିଦ୍ୟାଳୟରେ କେବଳ ପାଠପଢା ନୁହେଁ ଏହି ବ୍ୟବସ୍ଥାରେ ଆନୁସଙ୍ଗିକ ଉପକରଣ ସହ ଶାରିରୀକ ଶିକ୍ଷା ପ୍ରତି ମଧ୍ୟ ଧ୍ୟାନ ଦିଆଯାଉଛି। ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବନ୍ତରାୟ ବିଭିନ୍ନ ସ୍କୁଲର ରୂପାନ୍ତରଣ କାର୍ଯ୍ୟ ବୁଲି ଦେଖିବା ସହିତ ଛାତ୍ରଛାତ୍ରୀଙ୍କ ସହ ଆଲୋଚନା କରିଛନ୍ତି।

# ମହିଳାମାନଙ୍କ ରୋଜଗାରର ମାଧ୍ୟମ ସାଜିଛି ଧୂପକାଠି

ଖୋର୍ଦ୍ଧା (ପିଏନ)- ବୋଲଗଡ ବ୍ଲକ ଗେଡିଆପଲ୍ଲୀ ପଂଚାୟତ ଅନ୍ତର୍ଗତ ସାଲତରା ଗ୍ରାମରେ ୨୦୧୮ ମସିହାରୁ ଯାଜ୍ଞସେନୀ ପ୍ରଡ୍ୟୁସର ମହିଳା ଗ୍ରୁପ ଓରମାସ ସହଯୋଗରେ ଭଡାଘରେ ଧୂପକାଠି ତିଆରି କରି ମହିଳାଙ୍କୁ ଆତ୍ମନିର୍ଭରଶୀଳ କରି ପାରିଛି । ଯାହାକି ୬ ଟି ମେସିନରେ ୩୦ ଜଣ ମହିଳା ସିଫ୍ଟ ଅନୁଯାଇ ଦିନକୁ ୩ କ୍ୱିଂଟାଲ ଧୂପକାଠି ବାହାର କରି ଖରାରେ ଶୁଖାଇ ଝୁଣା, ଗୁଗୁଳ, କସ୍ତୁରୀ ଓ ଚନ୍ଦନ ବତୀ କରି ବିଭିନ୍ନ ଓଜନର ପ୍ୟାକେଟ ପ୍ରସ୍ତୁତ କରିଥାନ୍ତି। ଏହା ଅଧକିଲୋ ପ୍ୟାକେଟରେ ୫ଶହ ଧୂପକାଠିକୁ ୧ ଶହ ଟଙ୍କାରେ ବିକ୍ରୀ କରିଥା'ନ୍ତି। ଏହି ବତୀଗୁଡିକ ନିର୍ମାଣରେ ବ୍ୟବହୃତ ହେଉଥିବା କଂଚାମାଲ ଯଥା: ବାଉଁଶକାଠି,କୋଇଲା ଗୁଣ୍ଡ (ଚାର୍ପୁଲ) ଓ ଉଡ ପାଉଡର ଦି ଗ୍ରେଡ(ଜୋଶ ପାଉଡର)କୁ କଟକ ଜିଲ୍ଲା ଜଗତପୁରଠାରୁ ଆଣିଥାନ୍ତି । ଏହା କମ ଦରରେ ଅଧିକ କାଠି ରହିଥିବାରୁ ବିଭିନ୍ନ ବ୍ୟବସାୟୀମାନେ କିଣିନେଇଥାନ୍ତି। ଏତଦ୍‌ବ୍ୟତୀତ ବିଭିନ୍ନ ଜିଲ୍ଲାରେ ହେଉଥିବା ଓରମାସର ପଲ୍ଲିଶ୍ରୀ ମେଳାରେ ଯୋଗଦେଇ ବିକ୍ରୀ କରିଥାନ୍ତି ବୋଲି ସଭାପତି ଝରଣା ଦଳେଇ ଓ ସମ୍ପାଦକ ସୁଶ୍ରୀ ସଙ୍ଗୀତା ନାୟକ କହିଛନ୍ତି।

# ଝୁମ୍ପୁରା ପଂଚାୟତ ସମିତିର ବୈଠକ ଅନୁଷ୍ଠିତ



କେନ୍ଦୁଝର (ପିଏନ୍): ଝୁମ୍ପୁରା ପଂଚାୟତ ସମିତି କାର୍ଯ୍ୟାଳୟରେ ନିକଟରେ ଅନୁଷ୍ଠିତ ହୋଇଯାଇଛି ପଂଚାୟତ ସମିତିର ବୈଠକ। ବ୍ଲକ ଅଧ୍ୟକ୍ଷା ମାଳତୀ ନାଏକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ପାଟଣା ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡର ଅଧ୍ୟକ୍ଷ ଜଗନ୍ନାଥ ନାଏକ, ସଦର ବିଧାୟକ ମୋହନଚରଣ ମାଝୀ, ସ୍ଥାନୀୟ ବିଡିଓ ବିଜୟ କୁମାର ନାୟକ, ବ୍ଲକ ଉପାଧକ୍ଷ ମାନସରଂଜନ ବିଶ୍ୱାଳ, ଏବିଡିଓ ଚୁନୁ ହାଁସଦାଃ, ସହକାରୀଯନ୍ତ୍ରୀ କୃଷ୍ଣଚନ୍ଦ୍ର ସାହୁ , ବ୍ଲକ ସ୍ତରୀୟ ସମସ୍ତ କନିଷ୍ଠ ଯନ୍ତ୍ରୀ, ଶିଶୁବିକାଶ ବିଭାଗ, ଗ୍ରାମ୍ୟ ପାନୀୟ ଜଳ ଯୋଗାଣ, ଉଦ୍ୟାନ ବିଭାଗ, କୃଷି ବିଭାଗ,ମତ୍ସ୍ୟ ବିଭାଗ, ସ୍ୱାସ୍ଥ୍ୟ ବିଭାଗ, ଶିକ୍ଷା ବିଭାଗ, ବିଦ୍ୟୁତ ବିଭାଗର ଅଧିକାରୀ ଗଣ ଉପସ୍ଥିତ ରହିଥିଲେ। ବୈଠକରେ ଝୁମ୍ପୁରା ବ୍ଲକର ୨୨ଗୋଟି ଗ୍ରାମ ପଂଚାୟତର ସରପଂଚ, ସମିତି ସଭ୍ୟ/ସଭ୍ୟାଙ୍କ ସହିତ ୩ଟି ଜୋନର ଜିଲା ପରିଷଦ ସଭ୍ୟ ଯୋଗ ଦେଇଥିଲେ । ବୈଠକରେ ମନରେଗା ଏବଂ ଗ୍ରାମାଚଂଳରେ ପାନୀୟ ଜଳ ସମସ୍ୟା ନେଇ ଉଦ୍‌ବେଗ ପାଇଥିବା ବେଳେ ଅଙ୍ଗନବାଡୀ କେନ୍ଦ୍ରଗୁଡିକରେ ନିୟମିତ ଖାଦ୍ୟ ଏବଂ ସଠିକ୍ ପରିମାଣ ଅଣ୍ଡା ଦିଆଯାଉ ନଥିବା ଅଭିଯୋଗ ହୋଇଥିଲା । ଶିକ୍ଷା, ସ୍ୱାସ୍ଥ୍ୟ, ରାସ୍ତା,ଭତା ସମ୍ପର୍କିତ ବିଭିନ୍ନ ପଂଚାୟତ ପ୍ରତିନିଧିଙ୍କ ସମସ୍ୟାଗୁଡିକ ଉପରେ ସବିଶେଷ ଆଲୋଚନା କରାଯାଇ ସମାଧାନ ନିମନ୍ତେ ଆବଶ୍ୟକୀୟ ପଦକ୍ଷେପ ଗ୍ରହଣ କରାଯିବା ପ୍ରସ୍ତାବ ଗୃହିତ ହୋଇଥିଲା।

# ସୂଚନା ଓ ଲୋକସମ୍ପର୍କ ବିଭାଗର ଅଜବ ନୀତି !

ଭୁବନେଶ୍ୱର,(ପି.ଏନ): ସୂଚନା ଲୋକସମ୍ପର୍କ ବିଭାଗରେ ଚାଲିଛି ଅଜବ ନୀତି। ଏହି ବିଭାଗ ଦାୟିତ୍ୱରେ ଖୋଦ ମାନ୍ୟବର ମୁଖ୍ୟମନ୍ତ୍ରୀ। ମାତ୍ର ଏହି ବିଭାଗରେ ଅନେକ କନିଷ୍ଠ ଅଧିକାରୀ ବରିଷ୍ଠ ଅଧିକାରୀ ପଦରେ ରହି ସେମାନଙ୍କର ମନମୁଖୀ କାର୍ଯ୍ୟ ଚଲାଇଛନ୍ତି। ମାତ୍ର ଦୁଃଖ ଓ ପରିତାପର ବିଷୟ ସୁରଜିତ ମିଶ୍ର ୩୫ ବର୍ଷ ଧରି ସଂପୃକ୍ତ ବିଭାଗରେ ସୂଚନା ଅଧିକାରୀ ଭାବେ କାର୍ଯ୍ୟରତ ଥାଇ ସୁଦ୍ଧା ତାଙ୍କର ଆଜି ପର୍ଯ୍ୟନ୍ତ ପଦୋନ୍ନତି ହୋଇପାରି ନାହିଁ ଯାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ୨୦୨୩ ଅକ୍ଟୋବର ମାସରେ ତାଙ୍କୁ ଯୁଗ୍ମ ନିର୍ଦ୍ଦେଶକ ଭାବରେ ପଦୋନ୍ନତି ଦିଆଯାଇ ମ୍ୟାନେଜର ପବ୍ଲିକେଶନ (ପ୍ରକାଶନ ପରିଚାଳକ) ଭାବରେ ଦାୟିତ୍ୱରେ ଉପସ୍ଥାପିତ କରାଗଲା ଯେଉଁ ପଦରେ ଜଣେ କନିଷ୍ଠ ଅଧିକାରୀଙ୍କୁ ଦେବାକଥା। କିନ୍ତୁ ତାଙ୍କୁ ସାହାଯ୍ୟ କରିବାକୁ କୌଣସି କନିଷ୍ଠ କିରାଣୀ ମଧ୍ୟ ଦିଆଯାଇନାହିଁ। ଜଣେ ଚତୁର୍ଥ ଶ୍ରେଣୀ କର୍ମଚାରୀଙ୍କୁ ନେଇ ସେ ତାଙ୍କୁ ଦିଆଯାଇଥିବା ଦାୟିତ୍ୱକୁ ସୁଚାରୁ ଭାବରେ ନିର୍ବାହ କରିଥିଲେ। କିନ୍ତୁ ଶ୍ରୀଯୁକ୍ତ ମିଶ୍ର ଜଣେ 'ସିଜୋଫେନିଆ' ରୋଗୀ। ତାଙ୍କର ଏହି ରୋଗରେ ଆକ୍ରାନ୍ତ ଯୋଗୁ ସେ ଦେଢମାସ ଧରି ଛୁଟିରେ ରହି ଚିକିତ୍ସାଧିନ ଥିଲେ। ସୂଚନା ମୁତାବକ ବ ର୍ମାନ ତାଙ୍କୁ ପୁନର୍ବାର ସେହି ପ୍ରକାଶନ ପରିଚାଳକ ଦାୟିତ୍ୱ ଦିଆଯାଇଛି ଯାହା ଏକ କନିଷ୍ଠ ଅଧିକାରୀର ଦାୟିତ୍ୱ। ଏହା ପୂର୍ବରୁ ତାଙ୍କୁ ଷ୍ଟୋର ଏବଂ ସୂଚନା ଅଧିକାରୀ ଭାବରେ ଦାୟିତ୍ୱ ଦିଆଯାଇଥିଲା ଯାହା ଏକ କନିଷ୍ଠ ଅଧିକାରୀର ଦାୟୀତ୍ୱ। ଶ୍ରୀ ମିଶ୍ର ଏହି ପଦବୀରେ ପାଂଚ ବର୍ଷରୁ ଉର୍ଦ୍ଧ୍ୱ ରହି ନିର୍ବାହ କରିଥିଲେ। ଏଠାରେ ପ୍ରଶ୍ନ ଉଠେ ବିଭାଗରେ ଅନେକ କନିଷ୍ଠ ଅଧିକାରୀଙ୍କୁ ବରିଷ୍ଠ ପଦ ପଦବୀରେ ଉପସ୍ଥାପିତ କରା ଯାଉଥିବା ବେଳେ ଥିବା ବେଳେ ସୁରଜିତ ମିଶ୍ର ଜଣେ ସର୍ବ ବରିଷ୍ଠ ଅଧିକାରୀଙ୍କ କାହିଁକି କନିଷ୍ଠ ପଦ ପଦବୀରେ ରଖାଯାଉଛି ଯାହା ବ ର୍ମାନ ଚର୍ଚ୍ଚାର ବିଷୟ ହୋଇଛି। ଆଶା ଓ ବିଶ୍ୱାସ ମାନ୍ୟବର ମୁଖ୍ୟମନ୍ତ୍ରୀ ଏହା ଉପରେ ଦୃଷ୍ଟି ଦେବା ସହ ନିରପେକ୍ଷ ବିଚାର କରି ଏପରି ଅନୈତିକ କାର୍ଯ୍ୟ କରୁଥିବା ପଦାଧିକାରୀଙ୍କ ବିରୁଦ୍ଧରେ ଦୃଷ୍ଟାନ୍ତ ମୂଳକ ପଦକ୍ଷେପ ଗ୍ରହଣ କରିବାକୁ ସାଧାରଣରେ ଦାବି ହେଉଛି।




# ସଂରକ୍ଷିତ ଜଙ୍ଗଲରୁ ଟ୍ରାକ୍ଟର ଜବତ୍ କରି ବନବିଭାଗ ଛାଡିଦେଲା

କେନ୍ଦୁଝର(ପିଏନ)- କେନ୍ଦୁଝର ସଦର ରେଞ୍ଜ ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଅନ୍ତର୍ଗତ ଭାଲଘର ନାଳରୁ ବେଆଇନଭାବେ ବାଲି ଲୋଡ କରୁଥିବା ଏକ ଟ୍ରାକ୍ଟରକୁ ବନ ବିଭାଗ ଜବତ୍ କରି ପରେ ଛାଡି ଦେବା ଚର୍ଚ୍ଚାର ବିଷୟ ହୋଇଛି । ଟାଉନ ଫରେଷ୍ଟ ସେକ୍ସନ ଅନ୍ତର୍ଗତ ସଂରକ୍ଷିତ ଜଙ୍ଗଲ ଭିତରେ ଥିବା ଭାଲୁଘର ନାଳରୁ ଗୁରୁବାର ଅପରାହ୍ନରେ ବାଲି ଚୋରୀ ହେଉଥିବା ଖବର ପାଇ ସଦର ରେଞ୍ଜର ଅରବିନ୍ଦ ନାୟକ,ଟାଉନ ଫରେଷ୍ଟର ଭୂପତି ସେଠୀ,ବେଲଦା ଫରେଷ୍ଟ ଗାର୍ଡ ମିତ୍ରଭାନୁ ନାୟକ ଅନ୍ୟ ବନ କର୍ମଚାରୀଙ୍କ ସହ ଘଟଣାସ୍ଥଳକୁ ଯାଇ ବାଲି ବୋଝେଇ ଟ୍ରାକ୍ଟର ଗାଡି ଜବତ୍ କରିଥିଲେ । ପରେ ଜବତ୍ ଟ୍ରାକ୍ଟରକୁ ନରଣପୁର ଫରେଷ୍ଟ ଡିପୋରେ ରଖାଯାଇଥିଲା । ତେବେ ଶନିବାର ଦିନ ଭୋର ସମୟରେ ବନ କର୍ମଚାରୀ ଏବଂ ମାଫିଆ ମଧ୍ୟରେ ମୂଲଚାଲ ହେବା ପରେ ଉକ୍ତ ଗାଡିକୁ ଛାଡି ଦିଆଯାଇଥିବା ଅଭିଯୋଗ ହୋଇଛି । ନରଣପୁର ଫରେଷ୍ଟ ଡିପୋ ଭିତରେ ଥିବା ଟ୍ରାକ୍ଟର ଜବତ୍ ସମୟରେ ରେଜିଷ୍ଟ୍ରର ରେ ଲେଖା ଯାଇନଥିବାବେଳେ ସିଜର ଲିଷ୍ଟ କରାଯାଇନାହିଁ । ତେବେ ବିନା ଜିମାନାମରେ ଗାଡି କିପରି ଛଡା କିପରି ଛଡାଗଲା ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ଏ ନେଇ ଏସିଏଫ ଘନଶ୍ୟାମ ମହାନ୍ତଙ୍କ ସହ ଯୋଗଯୋଗ କରିବାରୁ ଗାଡି ଜବତ୍ ସମୟରେ ମୋତେ ଅବଗତ କରିନଥିବା କହିଛନ୍ତି । ଡିଏଫଓ ସ୍ୱୟମ ମଲ୍ଲିକଙ୍କ ସହ ଯୋଗାଯୋଗ କରିବାରୁ ଘଟଣାର ତଦନ୍ତ ପରେ ପଦକ୍ଷେପ ନିଆଯିବ । ସଦର ରେଞ୍ଜର ଅରବିନ୍ଦ ନାୟକଙ୍କ ସହ ଯୋଗଯୋଗ କରିବାରୁ ଜବତ୍ ଗାଡିର କାଗଜପତ୍ର ଯାଂଚ ପରେ ଛାଡି ଦିଆଯାଇଥିବା ପ୍ରକାଶ କରିଛନ୍ତି । ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଏବଂ ମଇଦାନକେଲ,ରଘୁନାଥପୁର ଏବଂ ନରଣପୁର ସଂରକ୍ଷିତ ଜଙ୍ଗଲରୁ ଲଘୁ ଖଣିଜ ସମ୍ପଦ ଅବାଧରେ ଚୋରୀ ହେଉଥିଲେ ହେଁ ବନ ବିଭାଗ ଜାଣି ଚୁପ ରହୁଥିବା ଅଭିଯୋଗ ହୋଇଛି । ସଂରକ୍ଷିତ ଜଙ୍ଗଲ ଭିତରେ ରାସ୍ତା କରି ମାଫିଆମାନେ ଜଙ୍ଗଲ ଧ୍ୱଂସ କରି ବାଲି,ପଥର,ମୋରମ ଚୋରୀ କରୁଥିବାବେଳେ ବନ ବିଭାଗ ନୀରବଦ୍ରଷ୍ଟା ରହୁଛି । ଏପରିକି ଉପରସ୍ଥ ଅଧିକାରୀ ନିୟମିତ ସଂରକ୍ଷିତ ଜଙ୍ଗଲ ପରିଦର୍ଶନରେ ଯାଉନଥିବାରୁ ଏହାର ସୁଯୋଗରେ ତଳତଳିଆ କର୍ମଚାରୀ ମାଫିଆଙ୍କ ସଲାସୁତୁରାରେ ଲଘୁ ଖଣିଜ ସମ୍ପଦ ଲୁଟ କାର୍ଯ୍ୟକୁ ପ୍ରୋତ୍ସାହନ କରୁଛନ୍ତି ।

# ମା ଶାରଳାଙ୍କ ପୀଠରେ ଶାକଦ୍ୱୀପ ବ୍ରାହ୍ମଣଙ୍କ ସମାବେଶ



ଜଗତସିଂହପୁର(ପି.ଏନ) : ଶାରଳା ମଣ୍ଡଳ ଶାକଦ୍ୱୀପ ବ୍ରାହ୍ମଣ ସମାଜର ବାର୍ଷିକ ସମ୍ମିଳନୀ ମା ଶାରଳାଙ୍କ ମନ୍ଦିର ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଯାଇଛି । ଅସଲି ଖଡୀରତ୍ନ ପଞ୍ଜିକାର ଗଣନାକାର ଦେବଦର୍ଶୀ ଖଡୀରତ୍ନ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲାବେଳେ ଓଡିଶା ରାଜ୍ୟ ବ୍ରାହ୍ମଣ ସଭାର ସଭାପତି ପଣ୍ଡିତ ଶରତ କୁମାର ମହାପାତ୍ର ମୁଖ୍ୟ ବକ୍ତା ଭାବେ ଯୋଗଦାନ କରିଥିଲେ । ସେହିପରି ନିଖିଳ ଶାକଦ୍ୱୀପ ବ୍ରାହ୍ମଣ ସମାଜର ସଭାପତି ପଣ୍ଡିତ ବିଜୟ କୁମାର ନାୟକଶର୍ମା, ବନମାଳୀ ପୁର ନବଗ୍ରହ ମନ୍ଦିର ଟ୍ରଷ୍ଟ ସଭାପତି ପଣ୍ଡିତ ହରିହର ମହାପାତ୍ର ପ୍ରମୁଖ ପ୍ରଦୀପ ପ୍ରଜ୍ୱଳନ କରିଥିଲେ । ପଣ୍ଡିତ ବିଚିତ୍ରାନନ୍ଦ ନାୟକଶର୍ମା ବେଦପାଠ କରିଥିଲେ । ଶାରଳା ମଣ୍ଡଳ ଶାକଦ୍ୱୀପ ବ୍ରାହ୍ମଣ ସମାଜର ସଭାପତି ରବିନ୍ଦ୍ର କୁମାର ନାୟକଶର୍ମା ସଭାପତିତ୍ୱ କରିଥିଲେ । ବିପିନ ବିହାରୀ ପାଣିଗ୍ରାହୀ ବିବରଣୀ ପାଠ କରିଥିଲେ । ସମ୍ମାନୀତ ଅତିଥି ଭାବେ ପଣ୍ଡିତ ରବୀନ୍ଦ୍ର କୁମାର ଆଚାର୍ଯ୍ୟ , ପଣ୍ଡିତ ବିଭୁ ଆଚାର୍ଯ୍ୟ , ପଣ୍ଡିତ ନିମାଇଁ ଗ୍ରହାଚାର୍ଯ୍ୟ , ପଣ୍ଡିତ ଜ୍ୟୋତି ରଞ୍ଜନ ନାୟକଶର୍ମା ପ୍ରମୁଖ ଯୋଗ ଦେଇଥିଲେ । ବ୍ରାହ୍ମଣ ସମାଜର ଉନ୍ନତି ପାଇଁ ଏଠାରେ ମତ ପ୍ରକାଶ ପାଇଥିଲା । ପଣ୍ଡିତ ସୁଦର୍ଶନ ଆଚାର୍ଯ୍ୟ, ପ୍ରଲ୍ଲାଦ ନାୟକଶର୍ମା, ଶ୍ରୀପତି ନାୟକଶର୍ମା ଓ ମହେଶ୍ୱର ନାୟକଶର୍ମାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା । ସଂପାଦକ ମାନସ ଆଚାର୍ଯ୍ୟ ଅତିଥିଙ୍କ ପରିଚୟ ପ୍ରଦାନ କରିଥିଲେ । ଶେଷରେ ଯୁଗ୍ମ ସଂପାଦକ ଅମୀୟ ରଞ୍ଜନ ନାୟକଶର୍ମା ଧନ୍ୟବାଦ ଅର୍ପଣ କରିଥିଲେ । ସୁଦାମ ଆଚାର୍ଯ୍ୟ, ସୁବାଶ ଦାଶ, ନାଗେଶ୍ୱର ଆଚାର୍ଯ୍ୟ, ନିମାଇଁ ପତି, ପ୍ରଶାନ୍ତ ମହାପାତ୍ର ପ୍ରମୁଖ ପରିଚାଳନା କରିଥିଲେ ।ଅନ୍ୟାନ୍ୟ ଜିଲ୍ଲାରୁ ମଧ ବ୍ରାହ୍ମଣ ମାନେ ଯୋଗଦାନ କରିଥିଲେ ।

# ଖଣିରେ ସ୍ଥାନୀୟ ନିଯୁକ୍ତି ନେଇ ଶ୍ରମିକଙ୍କ ଧରଣା





ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅନ୍ତର୍ଗତ ବଳଦା ଗ୍ରାମପଞ୍ଚାୟତର ସିଲ୍‌ଯୋଡା ସ୍ଥିତ କାସଭି ଇନ୍‌ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ ଖଣିରେ ବିଭିନ୍ନ ଦାବି କରି ଗ୍ରାମବାସୀ ମାନେ ମଙ୍ଗଳବାର ପୂର୍ବାହ୍ନରେ ଖଣି ଲିଜ ପରିସରରେ ଧାରଣା ଦେଇଥିବା ଜଣାପଡିଛି । ବିର୍ସାମୁଣ୍ଡା ଲେବର କନ୍‌ଟ୍ରାକ୍ଟ ଓ ଆଦିବାସୀ କଲ୍ୟାଣ ସମିତି ପକ୍ଷରୁ ଏହି ଧାରଣା ଦିଆଯାଇଥିବା ଖବର ମିଳିଛି । ପ୍ରଶାସନକୁ ଜଣାଇ କୋଭିଡ୍ ନିୟମକୁ ପାଳନ କରି ଖଣି ପ୍ରଭାବିତ ସିଲଯୋଡା, ଗୁରୁଡା, ତାଟପାଣି ପ୍ରଭୃତି ଗ୍ରାମର ଗ୍ରାମବାସୀ ମାନେ ବିଭିନ୍ନ ଦାବି କରି କାସଭି ଖଣି ପରିସରରେ ଧାରଣାରେ ବସିଛନ୍ତି । ପୂର୍ବରୁ ଏହି ଖଣିଟି ମାଙ୍ଗିଲାଲ ରୁଙ୍ଗଟାର ସିଲିଯୋଡା କାଳିମାଟି ଅଧୀନରେ ଥିଲା । ନିଲାମ ପ୍ରକ୍ରିୟାରେ ଅଧିକ ମୂଲ୍ୟ ଦେଇ କାସଭି ଇନଟରନ୍ୟାସନାଲ ପ୍ରାଇଭେଟ ଲିମିଟେଡ ଖଣି ହାତେଇବା ପରେ ପୂର୍ବରୁ ଖଣିରେ କାର୍ଯ୍ୟ କରୁଥିବା ଶ୍ରମିକ ମାନଙ୍କୁ ଓ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ପୁନଃ ନିଯୁକ୍ତି ଦିଆଯାଇନଥିବାରୁ ଗ୍ରାମବାସୀ ମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଯୋଗ୍ୟତା ଥାଇ ମଧ ସ୍ଥାନୀୟ ଲୋକଙ୍କୁ ସାମାନ୍ୟ ସୁରକ୍ଷା କର୍ମୀ ଚାକିରୀ ମଧ ଦିଆଯାଉନାହିଁ । ଏହି ଖଣିରେ ନିଯୁକ୍ତିକୁ କେନ୍ଦ୍ର କରି ଗତ ସେପ୍ଟେମ୍ବର ମାସ ୨୫ ତାରିଖରେ ଏକ ହିଂସାତ୍ମକ ଆକ୍ରମଣ ଘଟଣା ଘଟିଥିଲା । ଖଣିର ଖଣି ସପକ୍ଷ ବାଦୀ ମାନେ ଏହି ଆକ୍ରମଣ ଭିଆଇଥିବା ଗ୍ରାମବାସୀ ସୁଶାନ୍ତ ଖିଲାର, ସୁବିଦାର ଗାଗରାଇ, ଯୋସେ' ବେଙ୍ଗରା, ବିକାଶ ମହାକୁଡ ପ୍ରମୁଖ ଅଭିଯୋଗ କରିଛନ୍ତି । ସ୍ଥାନୀୟ ମହିଳା ମିନା କୁମାରୀ ସିଂ, ମୁସକୁନି ସଏ, ସରସ୍ୱତୀ ପିଙ୍ଗୁଆ, ସୁମିତ୍ରା ଗଇପାଇ, ସଙ୍ଗିତା ପିଙ୍ଗୁଆ, ଚାମାନୁ ଲାକ୍ରା, ଡାଲିମ୍ବ ଗାଗରାଇ, ରିଙ୍ଗି ହେମ୍ବ୍ରମ ପ୍ରମୁଖ ଲୁହ ଓ କୋହଭରା କଣ୍ଠରେ କହିଛନ୍ତି ଯେ ଦୀର୍ଘ ୬ ରୁ ୭ ମାସ ହେଲାଣି ଖଣିରେ ନିଯୁକ୍ତି ନପାଇ ଭୋକ ଉପାସରେ ଦିନ କାଟୁଛନ୍ତି । ସ୍ଥାନୀୟ କାସଭି ଖଣି କମ୍ପାନୀ ଶ୍ରମିକ ମାନଙ୍କୁ ପୁନଃ ନିଯୁକ୍ତି ଦେଉନଥିବାରୁ ବେରୋଜଗାର ନିରାଶ ହୋଇ ଘରେ ରହିଛନ୍ତି । ଖଣିରେ କାର୍ଯ୍ୟ କରି ଜିବୀକା ନିର୍ବାହ କରୁଥିବାରୁ ବର୍ତ୍ତମାନ କାର୍ଯ୍ୟହରା ହୋଇ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଥିବା କହିଛନ୍ତି । ଗ୍ରାମର ନରେନ୍ଦ୍ର କୁମାର ପାତ୍ର ତାଙ୍କ ଅଭିଯୋଗରେ କହିଛନ୍ତି ଯେ, ସିଲଯୋଡା-କାଳିମାଟି ମାଙ୍ଗାନିଜ୍ ଆଇରନ୍ ମାଇନ୍ସ ଦୁଇଟି ଗ୍ରାମପଞ୍ଚାୟତ ନାମରେ ହୋଇଅଛି । ହେଲେ ଏହି ଦୁଇଟି ପଞ୍ଚାୟତ ବାସୀଙ୍କୁ କୌଣସି ସୁବିଧା ସୁଯୋଗ ମିଳିପାରୁନାହିଁ । ଆଦିବାସୀ କଲ୍ୟାଣ ସମିତିର ସଭାପତି ବିଦ୍ୟାସାଗର ରଣା, ସମ୍ପାଦକ ଭିମ ପିଙ୍ଗୁଆ କହିଛନ୍ତି ଯେ ଜିଲ୍ଲାପାଳ ଓ ଏସ୍‌ପିଙ୍କ ଠାରେ ଏ ସଂକ୍ରାନ୍ତରେ ଅଭିଯୋଗ କରାଯାଇଛି । ଜଙ୍ଗଲ ନେଲ, ଜମି ନେଲ, ପାଣି ନେଲ, ଆଦିବାସୀଙ୍କର ମୌଳିକ ସୁବିଧାରୁ କାସଭି ଖଣି କମ୍ପାନି ବଞ୍ଚିତ କଲ ଯଦି ଦମ୍ ନାହିଁ ତେବେ ସରକାରଙ୍କ ଠାରୁ ଖଣି ନେଲ କାହିଁକି ବୋଲି ଆଦିବାସୀ ନେତା ସେଲେଇ ତିରିଆ ପ୍ରକାଶ କରିଥିଲେ । ସେଠାରେ ଉପସ୍ଥିତ ଥିବା ଆଦିବାସୀ ଶ୍ରମିକ ନେତା ମାନେ କହିଥିଲେ ଯେ ଦାବି ପୂରଣ ନହେଲେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଧାରଣା ଜାରି ରହିବ ।

# ପାରାଦୀପ ବନ୍ଦର ପକ୍ଷରୁ ମିଳିତ ମେଗା ମକ୍ ଡ୍ରିଲ୍

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ମଙ୍ଗଳବାର ଦିନ ମିଳିତ ମେଗା ମକ୍ ଡ୍ରିଲ୍ ଆୟୋଜିତ ହୋଇଯାଇଛି । ପାରାଦୀପ ବନ୍ଦର ସିଆଇଏସଏଫ୍ ପକ୍ଷରୁ ପାରାଦୀପ ମୁଖ୍ୟ ଅଗ୍ନି ନିର୍ବାପନ କେନ୍ଦ୍ରଠାରେ ଆୟୋଜିତ ମକ୍ ଡ୍ରିଲ୍‌ରେ ପାରାଦୀପ ବନ୍ଦର ସମେତ ଜିଲ୍ଲା ପ୍ରଶାସନ, ଏନଡିଆରଏଫ୍ ମୁଣ୍ଡୁଳିର ଅଧିକାରୀ ଓ କର୍ମଚାରୀମାନେ ସାମିଲ ହୋଇଥିଲେ । ଏହି ମକ୍ ଡ୍ରିଲ୍ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ୍.ହରନାଦ, ସମ୍ମାନୀତ ଅତିଥି ଭାବେ ଉପାଧକ୍ଷ ନିଲଭ୍ର ଦାସଗୁପ୍ତା ଏହି ସାଇଟ୍ ଲେଭଲ-୩ରେ ଯୋଗ ଦେଇଥିଲେ । ମେରାଇନ୍ ସାଇଟ୍ ଅଫିସ୍‌ରେ ଏକ ଭଙ୍ଗା ଗୃହ ମଧ୍ୟରୁ ବାତ୍ୟାରେ ଫସି ରହିଥିବା ବ୍ୟକ୍ତିଙ୍କୁ କିପରି ଉଦ୍ଧାର କରାଯାଇ ପାରିବ ତାହାର ନମୁନା ପ୍ରଦର୍ଶିତ ହୋଇଥିଲା । ଏହା ପରେ ରୋଷେଇ ଗ୍ୟାସ ଦୁର୍ଘଟଣାରୁ କିପରି ପ୍ରଶମନ କରାଯାଇ ପାରିବ ସେ ସମ୍ପର୍କରେ ମକ୍ ଡ୍ରିଲ୍ ପ୍ରଦର୍ଶନ କରାଯାଇଥିଲା । ପାରାଦୀପ ବନ୍ଦର ସମେତ ସହଯୋଗୀ ସଂସ୍ଥାର ଅଗ୍ନି ନିର୍ବାପନ କେନ୍ଦ୍ରର କର୍ମଚାରୀମାନେ ଏହି ମକ୍ ଡ୍ରିଲ୍‌ରେ ସାମିଲ ହୋଇଥିଲେ । ଏନଡିଆରଏଫ୍ ୩ୟ ବାଟାଲିୟାନ ମୁଣ୍ଡୁଳିର ଆସିଷ୍ଟାଣ୍ଟ କମାଣ୍ଡର ଗୌରବ ଜଗନାନୀ ମକ୍ ଡ୍ରିଲ୍ ସମ୍ପର୍କରେ ସବିଶେଷ ସୂଚନା ଦେଇଥିଲେ । ଶେଷରେ ବନ୍ଦର ଅଧକ୍ଷ ଶ୍ରୀ ହରନାଦ ସମସ୍ତ ସହଯୋଗୀ ସଂସ୍ଥାମାନଙ୍କୁ ଧନ୍ୟବାଦ ଜଣାଇଥିଲେ ।

# ଅଜଣା ଗାଡି ଧକ୍କାରେ ଜଣେ ମୃତ, ୨ ଗୁରୁତର

ହରିଚନ୍ଦନପୁର(ପିଏନ)- ହରିଚନ୍ଦନପୁର ଥାନା ଅନ୍ତର୍ଗତ ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଜଣେ ମୃତ ହୋଇଥିବା ବେଳେ ୨ଜଣ ଗୁରୁତର ଆହତ ହୋଇଛନ୍ତି ଏବଂ ଜଣେ ସାମାନ୍ୟ ଆହତ ହୋଇଛନ୍ତି । ମିଳିଥିବା ସୂଚନା ଅନୁଯାୟୀ ଯାଜପୁର ଜିଲ୍ଲା କାଳିଆପାଣି ଗ୍ରାମର ସୁଦର୍ଶନ ମହାକୁଡ(୩୮) ସ୍ତ୍ରୀ ଓ ୨ପିଲାଙ୍କ ସହ ମୟୁରଭଞ୍ଜ ଜିଲ୍ଲା ଶ୍ୱଶୁର ଘରକୁ ବୁଲିବାକୁ ଆସିଥିଲେ । ଆଜି ନିଜ ଗ୍ରାମ କାଳିଆପାଣିକୁ ଫେରୁଥିବା ବେଳେ ହରିଚନ୍ଦନପୁର ଥାନା ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ତାଙ୍କୁ ଧକ୍କା ଦେଇଥିଲା । ଫଳରେ ସୁଦର୍ଶନ ମହାକୁଡଙ୍କ ଘଟଣାସ୍ଥଳରେ ହିଁ ମୃତ୍ୟୁ ଘଟିଥିଲା । ସ୍ତ୍ରୀ ରାଇମଣି ମହାକୁଡ (୩୬), ସାନପୁଅ ଚିନ୍ମୟ (୬) ଗୁରୁତର ଆହତ ହୋଇଥିବା ବେଳେ ବଡପୁଅ ରାହୁଲ (୮) ସାମାନ୍ୟ ଆହତ ହୋଇଥିବା ଜଣାପଡିଛି । ଆହତ ମାନଙ୍କୁ ଆମ୍ବୁଲାନ୍ସ ଯୋଗେ ହରିଚନ୍ଦନପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା

# ଦରଡିପାଳରେ ଶତାୟୁ ମହିଳାଙ୍କ ପରଲୋକ

ଘଷିପୁରା(ପିଏନ)- ଘଷିପୁରା ବ୍ଲକ ଦରଡିପାଳ ଗ୍ରାମରେ ସ୍ୱର୍ଗତ ନରସିହଂ ନାୟକଙ୍କ ଧର୍ମପତ୍ନୀ କ୍ଷେତ୍ରମଣୀ ନାୟକଙ୍କ ଆଜି ୧୦୫ ବର୍ଷ ବୟସରେ ପରଲୋକ ହୋଇଯାଇଛି । ତାଙ୍କର ମୃତ୍ୟୁ ଶଯ୍ୟା ନିକଟରେ ଦୁଇପୁଅ ଆନନ୍ଦ ଚନ୍ଦ୍ର ନାୟକ ଅବସରପ୍ରାପ୍ତ କୃଷି ପରିଦର୍ଶକ ଏବଂ ଦିବାକର ନାୟକ ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜରଙ୍କ ସହିତ ସମସ୍ତ ନାତି ନାତୁଣୀ, ଅଣନାତି, ଅଣନାତୁଣୀ ଏବଂ ସାହିପଡିଶା ଉପସ୍ଥିତ ଥିବା ସହ ତାଙ୍କର ଶବ ସତ୍କାର କରାଯାଇଥିଲା । ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିଥିଲେ ।

# ମଧୁଶାସନ ଗ୍ରାମର ଶ୍ରୀଦଧିବାବନଜୀଉଙ୍କ ସ୍ଥାବର,ଅସ୍ଥାବର ସମ୍ପତ୍ତି ହଡପ ଓ ଅର୍ଥ ଆତ୍ମସାତ ଅଭିଯୋଗ

କେନ୍ଦ୍ରାପଡା, (ପିଏନ)- ଜିଲ୍ଲାର ପାଟକୁରା ଥାନା ଅନ୍ତର୍ଗତ ମଧୁଶାସନ ଗ୍ରାମର ଅଧିଷ୍ଠାତା ଶ୍ରୀ ଦଧିବାବନଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ହଡପ କରାଯିବା ସହ ଅର୍ଥ ଆତ୍ମସାତ କରାଯାଇଥିବା ମଧୁଶାସନ ଗ୍ରାମପଂଚାୟତର ଅଧିବାସୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଅଭିଯୋଗରୁ ପ୍ରକାଶ ଯେ ମଧୁଶାସନ ଗ୍ରାମର ଦୁର୍ଗା ପ୍ରସାଦ ଦାସ ନାମକ ଜନୈକ ବ୍ୟକ୍ତି ଚଂଚକତା କରି ଦେବୋତ୍ତର ବିଭାଗର କେତେକ ଅସାଧୁ କର୍ମଚାରୀଙ୍କୁ ହାତକରି ମଧୁଶାସନ ଗ୍ରାମର ଆରାଧ୍ୟ ଦେବତା ଶ୍ରୀ ଦଧିବାବନଜୀଉଙ୍କ ମନ୍ଦିର ପରିଚାଳନା ପାଇଁ ଏକ ଟ୍ରଷ୍ଟବୋର୍ଡ ଗଠନ କରି ନିଜେ ସେହି ବୋର୍ଡର ସଭାପତି ଭାବେ ପ୍ରାୟ ବର୍ଷକରୁ ଉର୍ଦ୍ଧ୍ୱ ହେବ ରହିଛନ୍ତି । ସେ ଶ୍ରୀଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିକୁ ନିଜେ ଓ ନିଜର କିଛି ଅନ୍ଧ ସମର୍ଥକଙ୍କ ସହାୟତାରେ ହଡପ କରିବା ସହିତ ଶ୍ରୀଜୀଉଙ୍କ ଅର୍ଥ ଆତ୍ମସାତ କରୁଥିବା ଅଭିଯୋଗ ହୋଇଛି । ଶ୍ରୀଜୀଉଙ୍କ ପାଇଁ ବିଭିନ୍ନ ସମୟରେ ଦାତାମାନେ ଦାନ କରୁଥିବା ଅର୍ଥକୁ ମଧ୍ୟ ଆତ୍ମସାତ କରାଯାଉଥିବା ଅଭିଯୋଗ ହୋଇଛି । ଏପରିକି ଶ୍ରୀଜୀଉଙ୍କ ନାମରେ ଥିବା ସମ୍ପତ୍ତି ମଧୁଶାସନ ମୌଜାର ଖାତା ନମ୍ବର – ୪୨୨,ପ୍ଲଟ ନମ୍ବର ୩୫୮୩ ଉପରେ ଥିବା ମୂଲ୍ୟବାନ ଶାଗୁଆନ ଗଛ ୩ଟିକୁ ରାତାରାତି କାଟି ବିକ୍ରୀ କରିବା ସହ ଖାତା ନମ୍ବର ୧୨୯୯,ପ୍ଲଟ ନମ୍ବର ୫୩୧୫ ଓ ୫୩୧୬/୫୫୯୨ ଉପରୁ ବହୁ ଦିନର ମୂଲ୍ୟବାନ ୧୦ଟି ତାଳଗଛକୁ କାଟି ବିକ୍ରୀ କରିଦେଇଥିବା ଅଭିଯୋଗ ହୋଇଛି । ସେହି ଗଛ ସବୁର ମୂଲ୍ୟ ଆନୁମାନିକ ପ୍ରାୟ ଏକଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ହେବ । ଅଭିଯୋଗକାରୀମାନେ ଏସମ୍ପର୍କରେ ଟ୍ରଷ୍ଟର ସଭାପତି ଶ୍ରୀ ଦାସଙ୍କୁ ପଚାରିବାରେ ଶ୍ରୀ ଦାସ ସେମାନଙ୍କୁ ଗୁଣ୍ଡା ଲଗାଇ ଧମକଚମକ ଦେବା ସହ ଜୀବନରୁ ମାରିଦେବାକୁ ଧମକପୂର୍ଣ୍ଣ ବାଣୀ ଶୁଣାଇଥିବା ଅଭିଯୋଗ ହୋଇଛି । ଏଥିସହିତ କେତେକ ଉଚ୍ଚପଦସ୍ଥ ସରକାରୀ ଅଧିକାରୀଙ୍କୁ ମିଛ କହି ଅଭିଯୋଗକାରୀମାନଙ୍କ ନାମରେ ଥାନାରେ ମିଥ୍ୟା ମାମଲା କରିବା ସହ ବିଭିନ୍ନ ମିଥ୍ୟା କେଶକରି ନାନା ପ୍ରକାର ଅସୁବିଧାରେ ପକାଉଥିବା ମଧ୍ୟ ଅଭିଯୋଗ ହୋଇଛି । ସେହି ଟ୍ରଷ୍ଟବୋର୍ଡରେ ଗରଦପୁର ତହସିଲଦାର ଓ ପାଟକୁରା ଥାନାର ଭାରପ୍ରାପ୍ତ ଇନିସପେକ୍ଟରଙ୍କୁ ସଦସ୍ୟ ଭାବରେ ରଖାଯାଇଥିବା ବେଳେ ଅଭିଯୋଗକାରୀଙ୍କ ପରିବାରର ୨/୩ଜଣଙ୍କ ନାମରେ ମିଥ୍ୟା ମାମଲା କରାଯାଉଥିବା ସହ ସେହି ପରିବାରର ମହିଳାମାନଙ୍କ ପ୍ରତି ଅସଦାଚରଣ କରିବାକୁ ମଧ୍ୟ ଟ୍ରଷ୍ଟର ସଭାପତି ପଛାଉନଥିବା ଅଭିଯୋଗ ହୋଇଛି । ସଂପୃକ୍ତ ସଭାପତି ଭୁବନେଶ୍ୱରରେ ରହୁଥିବା ବେଳେ ଗ୍ରାମର ଅଧିକାଂଶ ଲୋକଙ୍କୁ ବିଭିନ୍ନ ମାଲିମକଦ୍ଦମାରେ ଛନ୍ଦି ହଇରାଣ କରିବା ସହ ଶ୍ରୀଜୀଉଙ୍କ ସମ୍ପତ୍ତି କୁ ହଡପ କରିବା ଓ ଅର୍ଥକୁ ଆତ୍ମସାତ କରୁଥିବା ଯୋଗୁଁ ଶ୍ରୀଜୀଉଙ୍କ ଦୈନନ୍ଦିନ ନୀତିକାନ୍ତିରେ ଘୋର ବାଧା ସୃଷ୍ଟି ହେଉଥିବା ଅଭିଯୋଗ ହୋଇଛି । ଏସମ୍ପର୍କରେ ବିଧିବଦ୍ଧ ତଦନ୍ତ କରାଯାଇ ଦୋଷୀ ବିରୋଧରେ ଦୃଢ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ଅସିତ କୁମାର ମହାନ୍ତି, ତାରକେଶ୍ୱର ତ୍ରିପାଠୀ,ପ୍ରମୋଦ କୁମାର ସାହୁ,ଚିତରଞ୍ଜନ ବାରିକ,ନିରଞ୍ଜନ ପଣ୍ଡା,ଭବାନିଶ ପଣ୍ଡା ପ୍ରମୁଖ ଅଭିଯୋଗକାରୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି ।

# ଭୂମିହୀନଙ୍କୁ ଜାଗା ପ୍ରମାଣ ପତ୍ର ପ୍ରଦାନ



ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକାରେ ଜାଗାମିଶନ ଯୋଜନାରେ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ମଙ୍ଗଳବାର ପୂର୍ବାହ୍ନରେ ଓଡିଶା ସରକାରଙ୍କ ଜାଗା ମିଶନ୍ ଯୋଜନା ଶ୍ରେଣୀରେ ଅନ୍ତର୍ଭୁକ୍ତ ହିତାଧିକାରୀ ମାନଙ୍କୁ ଏହି ଅବସରରେ ଜମି ପ୍ରମାଣପତ୍ର ପ୍ରଦାନ କରାଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଚମ୍ପୁଆ ବିଧାୟିକା ମୀନାକ୍ଷୀ ମହାନ୍ତ ଯୋଗ ଦେଇଥିବା ବେଳେ ପୌରପାଳିକା କାର୍ଯ୍ୟନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ, ଯୋଡା ବିକାଶ ପରିଷଦର ସଭାପତି ନିରଞ୍ଜନ ବହିଦାର, ପୂର୍ବତନ ଉପ-ନଗରପାଳ ସୁରେନ୍ଦ୍ରନାଥ ଜେନା ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ । ଯୋଡା ପୌରପାଳିକାର ୧୪ଟି ୱାର୍ଡରେ ସମୁଦାୟ ୬୨୧୬ ଜଣ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି । ମଙ୍ଗଳବାର ଦିନ ତନ୍ମଧରୁ ବନେଇକଳା ଠାରେ ୧୭୫ ଜଣଙ୍କୁ ଭୂମିହୀନଙ୍କୁ ଜାଗା ପ୍ରମାଣପତ୍ର ପ୍ରଦାନ କରାଯାଇଥିବା ନିର୍ବାହୀ ଅଧିକାରୀ ଶ୍ରୀ ପାଟଯୋଶୀ ସୂଚନା ଦେଇଛନ୍ତି । ଏହି ଜମି ଗୁଡିକ ୩୨୩ ବର୍ଗ ଫୁଟରୁ ସର୍ବାଧିକ ୪୮୦ ବର୍ଗଫୁଟ ମଧରେ ଯୋଗାଇ ଦିଆଯିବ । ପରେ ଜାଗା ପ୍ରମାଣ ପତ୍ର ଦେବା ପରେ ଭୂମି ଅଧିକାର ପତ୍ର ଓ ୨ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସୁଧମୁକ୍ତ ଋଣ ଯୋଗାଇ ଦେବାର ସରକାରୀ ଯୋଜନା ରହିଥିବା ନିର୍ବାହୀ ଅଧିକାରୀ ପ୍ରକାଶ କରିଥିଲେ ।

# ଡମ୍ଫର ମାଲିକଙ୍କ ଧାରଣା : ଉପଯୁକ୍ତ ସମାଧାନ ନକରିଲେ ଆଗାମୀ ଦିନରେ ବିକଳ୍ପ ପନ୍ଥାର ଚେତାବନୀ



ଯୋଡା,(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅଧୀନ ହେଁସାବେଡା ସ୍ଥିତ କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ଖଣି କମ୍ପାନୀ ଟ୍ରକ ମାଲିକ ସଂଘର ଦାବିକୁ ଉପେକ୍ଷା କରି ନିଜର ଖଣିକାର୍ଯ୍ୟ ଜାରି ରଖିଛି । ଖଣି ଲିଜ୍ ପରିସରରେ କାର୍ଯ୍ୟହରା ଡମ୍ଫର ମାଲିକ ମାନେ ଖଣିର ପରିବହନ କାର୍ଯ୍ୟରେ ଡମ୍ଫର ନିୟୋଜିତ କରିବା ଦାବିରେ ଦୀର୍ଘ ୫ ଦିନ ଧରି ଧାରଣାରେ ବସିଥିଲେ ହେଁ ଖଣି କର୍ତ୍ତୃପକ୍ଷନଦେଖିଲା ଭଳି ଉପେକ୍ଷା କରିଚାଲିଛି । ନୂତନ ଲିଜ ପାଇଥିବା କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ନିଜର ଖଣିଜ ପରିବହନ ପାଇଁ ବାହାର ଅଞ୍ଚଳର ଭାରୀଯାନ ଆଣି ପରିବହନ କରୁଥିବା ବେଳେ ସ୍ଥାନୀୟ ସଂଘର ଡମ୍ଫରକୁ ପରିବହନ କାର୍ଯ୍ୟ ଦେଉନାହିଁ । ଏନେଇ ସଂଘ ପକ୍ଷରୁ ଖଣି କର୍ତ୍ତୃପକ୍ଷଙ୍କୁ ବାରମ୍ବାର ଲିଖିତ ଭାବରେ ଦୃଷ୍ଟି ଆକର୍ଷଣ କରି କୌଣସି ସୁଫଳ ନପାଇବାରୁ ଗତ ୫ ତାରିଖରୁ ଧାରଣା ଆରମ୍ଭ କରିଥିଲେ । ଦୀର୍ଘ ୨୫ ବର୍ଷରୁ ଉର୍ଦ୍ଧ୍ୱ ହେବ ଏହି ସଂଘ ସ୍ଥାନୀୟ ଖଣି ପ୍ରଭାବିତ ଅଞ୍ଚଳର ଡମ୍ଫର ମାଲିକ ମାନଙ୍କୁ ନେଇ କାର୍ଯ୍ୟ କରି ଆସୁଅଛି । ପୂର୍ବରୁ କାର୍ଯ୍ୟ କରୁଥିବା ଖଣି ଲିଜଧାରୀ ମାନେ ନିଜର ପରିବହନ କାର୍ଯ୍ୟ ପାଇଁ ସଂଘରୁ ଡମ୍ଫର ନେଇ ପରିବହନ କରୁଥିଲେ । ଯାହାଫଳରେ ପରୋକ୍ଷ ଏବଂ ପ୍ରତ୍ୟେକ୍ଷ ଭାବରେ ହଜାର ହଜାର ଲୋକ ଜିବୀକା ନିର୍ବାହ କରି ପାରୁଥିଲେ । ଉକ୍ତ ଖଣିର ପୂର୍ବ ଲିଜଧାରୀ ପଟ୍ଟନାୟକ ମିନେରାଲସ ପ୍ରାଇଭେଟ ଲିମିଟେଡ ଖଣିଜ ପରିବହନରେ ସ୍ଥାନୀୟ ସଂଘର ଡମ୍ଫରକୁ ପରିବହନରେ ନିୟୋଜିତ କରୁଥିଲେ । ମାତ୍ର ବର୍ତ୍ତମାନ ନୂତନଲିଜଧାରୀ କାସଭି ଖଣି ସଂଘକୁ ହେୟଜ୍ଞାନ କରି ବାହାର ଅଞ୍ଚଳର ଶତାଧିକ ଭାରୀଯାନ ଆଣି ପରିବହନ କାର୍ଯ୍ୟ କରୁଛି । ଯାହାଫଳରେ ଅଞ୍ଚଳର ଖଣି ପ୍ରଭାବିତ ଗାଡି ମାଲିକ ମାନେ ଜିବୀକା ହରାଇ ହତାଶ ହୋଇପଡିଛନ୍ତି ବୋଲି ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନର ସଭାପତି ଚତୁର୍ଭୁଜ ପଲେଇ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି । ବାରମ୍ବାର ଖଣି କର୍ତ୍ତୃପକ୍ଷଙ୍କୁ ଜଣାଇବା ସତ୍ତ୍ୱେ ମଧ କେହି କର୍ଣ୍ଣପାତ କରୁନାହାଁନ୍ତି । ଡମ୍ଫର ମାଲିକ ମାନେ କାର୍ଯ୍ୟ ନପାଇ ବସି ରହିଛନ୍ତି । ସେମାନଙ୍କର ପରିବାର ପ୍ରତିପୋଷଣ କରିବା ମଧ କଷ୍ଟସାଧ ହେଲାଣି । କରୋନା ମହାମାରୀ ପରିସ୍ଥିତିରେ କୌଣସି କାର୍ଯ୍ୟ ନପାଇ ଡମ୍ଫରରେ କାର୍ଯ୍ୟ କରୁଥିବା ଡ୍ରାଇଭର,ହେଲପର ଓ ସେମାନଙ୍କର ପରିବାର ବର୍ତ୍ତମାନ ଆର୍ଥିକ ସଂକଟରେ ଶିକାର ହେଲେଣି । ପରିବହନ କାର୍ଯ୍ୟ ହେତୁ ଅଞ୍ଚଳରେ ପ୍ରତ୍ୟେକ୍ଷ ଏବଂ ପରୋକ୍ଷରେ ନିର୍ଭରଶୀଳ ଥିବା ପ୍ରାୟ ଶତକଡା ୮୦ ପ୍ରତିଶତ ଲୋକ ପ୍ରଭାବିତ ହେଲେଣି । କୋଭିଡ-୧୯ ଗାଇଡ ଲାଇନ ରହିଥିବା ସତ୍ତ୍ୱେ ମଧ ଗାଡି ମାଲିକମାନେ ଏହି ନିୟମକୁ ପାଳନ କରି ଧାରଣାରେ ବସିଛନ୍ତି । ହେଲେ ଖଣି କର୍ତ୍ତୃପକ୍ଷ ୫ଦିନ ବିତିଯାଇଥିଲେ ହେଁ ଦାବି ପୂରଣ ନେଇ କୌଣସି ଆଲୋଚନା କରିବାକୁ ଆସିନଥିବା ବୋଲି ମାଟୋଆ ସମ୍ପାଦକ ସତ୍ୟପ୍ରିୟ ବାରିକ ତାଙ୍କ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି । ଯଦି ଖଣି କର୍ତ୍ତୃପକ୍ଷ ଏହାର ଉପଯୁକ୍ତ ସମାଧାନ ନକରନ୍ତି ତାହା ହେଲେ ଆଗାମୀ ଦିନରେ ବିକଳ୍ପପନ୍ଥା ଗ୍ରହଣ କରିବାକୁ ବଧ ହେବୁ ବୋଲି ପ୍ରେସ ବିବୃତ୍ତିରେ ଜଣାଇଛନ୍ତି । ତେଣେ କାସଭି ଖଣିର ଜନୈକ ବରିଷ୍ଠ ଅଧିକାରୀ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି ଯେ କାସଭି ଖଣି ନିକଟସ୍ଥ ଜୁରୁଡି ଠାରେ ଥିବା ଜୁରୁଡି ଟ୍ରକ ମାଲିକ ମାନଙ୍କ ସହ ସେମାନେ ଆଲୋଚନା କରି ହାଇୱା ଟ୍ରକ ମାଧମରେ ଖଣିଜ ପରିବହନ କାର୍ଯ୍ୟ କରୁଛନ୍ତି । ଏନେଇ ଯୋଡା ଠାରେ ଥିବା ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନ ସହ କୌଣସି ଆଲୋଚନା କରିବା ଆବଶ୍ୟକତା ନାହିଁ ବୋଲି ସେ କହିଥିଲେ ।




# ସନ୍ଥକବି ଭୀମଭୋଇ



ଏକ ସମୟରେ ମହିମା ବା ଅଲେଖ ଧର୍ମ ଓଡ଼ିଆ ସାହିତ୍ୟ ଓ ଧାର୍ମିକ ସାମାଜିକ ଜୀବନକୁ ଗଭୀର ଭାବେ ପ୍ରଭାବିତ କରିଥିଲା। ସମାଜରେ ପ୍ରଚଳିତ ଜାତିଭେଦ, ପ୍ରତିମା ପୂଜା, ତେତିଶ କୋଟି ଦେବାଦେବୀଙ୍କ କଳ୍ପନା ଆରାଧନା ଓ ବାହ୍ୟ ଆଡ଼ମ୍ବରକୁ ଏହା ପ୍ରତ୍ୟାଖ୍ୟାନ କରିଥିଲା। ଏହି ଧର୍ମର ଅନ୍ୟତମ ମୁଖ୍ୟ ପୁରୋଧା ଥିଲେ ଗୃହୀ ଶିଷ୍ୟ ଭୀମ ଭୋଇ। ତାଙ୍କ ଅନୁଗାମୀମାନେ, ତାଙ୍କୁ ଅଯୋନିସଂଭୂତ ଭାବେ ଗ୍ରହଣ କରିଛନ୍ତି। ସେମାନଙ୍କ ଦୃଷ୍ଟିରେ ସେ ଭଗବାନଙ୍କ ଅବତାର ଏବଂ ଅଲେଖ ପୁତ୍ର। ସ୍ୱରଚିତ ସ୍ତୁତି ଚିନ୍ତାମଣିରେ ମଧ ସେ ଏହାର ସୂଚନା ଦେଇଛନ୍ତି ପିତା ଅଟନ୍ତି ମୋ ଅନାଦି ଠାକୁର, ମାତା ଆଦିଶକ୍ତି ନାରୀ, ଦୂତୀ ଯୁଗଳରୁ ଜନମ ଲଭିଛି, କବିକୃତ କଳା ଧରି। ପଞ୍ଚସଖା ଯୁଗର ପରମ ସାଧକ ଅଚ୍ୟୁତାନନ୍ଦ ଦାସ, ତାଙ୍କର ସଂହିତାମାନଙ୍କରେ ଲେଖିଛନ୍ତି, ରାଧା ମାନବ ରୂପ ଧାରଣ କରି କନ୍ଧ ଗୃହରେ ଜନ୍ମ ହେବେ। ଭୀମ ଭୋଇ ନିଜ ଇଛା ଅନୁସାରେ ନାରୀ ରୂପ ଧାରଣ କରିପାରୁଥିଲେ। ଏହା ଅଧ୍ୟାପକ ଶତ୍ରୁଘ୍ନ ନାଥଙ୍କ ସନ୍ଥକବି ଭୀମ ଭୋଇ ପୁସ୍ତକରେ ଉଲ୍ଲେଖିତ। ଥରେ ବାବା ଗଙ୍ଗାଧର ଦାସଙ୍କୁ ଜଙ୍ଗଲରେ ସେ ନାରୀ ରୂପ ଦେଖାଇଥିଲେ। ଅନାଦି ସଂହିତାରେ ଅଚ୍ୟୁତାନନ୍ଦ ଲେଖିଛନ୍ତି 'ଶୁଣଗୋ ସିଦ୍ଧଙ୍କ ବନିତା, ସେ ଭୀମସେନର କଥା। ପୂର୍ବେ ସେ ମହାଶୂନ୍ୟବାସୀ, ରାଧାଙ୍କ ଯେ ଅରୂପ ଅଂଶୀ'। ତାଙ୍କୁ ଏଭଳି ଚିତ୍ରଣ କରାଯାଇଥିବା ବେଳେ ସେ ଥିଲେ ଶ୍ରୀଜଗନ୍ନାଥ ଆରାଧନାର ତୀବ୍ର ବିରୋଧୀ। ପୁରୀରେ ଶ୍ରୀଜଗନ୍ନାଥ ପୂଜା ବନ୍ଦ କରିବା ପାଇଁ ଉଦ୍ୟମ କରିଥିଲେ। ମହିମା ଧର୍ମର ପ୍ରଚାର ପ୍ରସାରରେ ତାଙ୍କର ଭୂମିକା ଉଲ୍ଲେଖନୀୟ ଓ ପ୍ରାତଃ ସ୍ମରଣୀୟ। ତାଙ୍କ ଲେଖନୀ ମୁନରେ ସେ ଏହି ଧର୍ମ ବିଷୟରେ ଅନେକ କାଳଜୟୀ ରଚନା ସୃଷ୍ଟି କରିଛନ୍ତି। ଜୀବନର ଶେଷ ନିଃଶ୍ୱାସ ପର୍ଯ୍ୟନ୍ତ ସେ କାହା ଠାରୁ ବିନ୍ଦୁର ସାହାଯ୍ୟ ବି ଚାହିଁ ନାହାଁନ୍ତି। ସରଳ, ନିଃସ୍ୱାର୍ଥପର ଓ ସମାଜ ସେବା ପାଇଁ ତାଙ୍କ ତମାମ ଜୀବନ ସମର୍ପିତ ଥିଲା। ଆଜିର ସମୟରେ ଭୀମଭୋଇଙ୍କ ପରି ସ୍ରଷ୍ଟା ଓ ଆଧାତ୍ମିକ ସାଧକ ଅତ୍ୟନ୍ତ ବିରଳ। ପ୍ରତିଟି ଶ୍ୱାସପ୍ରଶ୍ୱାସରେ ହିଁ ତାଙ୍କର ମହିମା ଚେତନାର ବାର୍ତ୍ତା ଓ ଭାବନା ରହିଥିଲା। ସେ ସମୟରେ ସେ ନିଜେ ଜଣେ ଗରିବ ହୋଇ ମଧ ଅନେକ ଅସହାୟ ଗରିବ ପରିବାର ପାଇଁ ସାହାଯ୍ୟର ହାତ ବଢ଼ାଇଥିଲେ। ତିଥି ଅନୁସାରେ ଭୀମ ଭୋଇ ବୈଶାଖ ପୂର୍ଣ୍ଣମୀରେ ତାରିଖ ଅନୁସାରେ (ମଇ ୧୦) ରେଢ଼ାଖୋଲର କଟାସିଙ୍ଗାରେ ଜନ୍ମ ହୋଇଥିବା ବିଶ୍ୱାସ କରାଯାଏ।

# ଆହ୍ୱାନ ପକ୍ଷରୁ ବିଶ୍ୱ ମାତୃଦିବସ ପାଳନ

ଯାଜପୁର (ପିଏନ୍): ଯାଜପୁରର ଅଗ୍ରଣୀ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ 'ଆହ୍ୱାନ' ପକ୍ଷରୁ ଉପ-ସଭାପତି ପାଣ୍ଡବ ଚରଣ ସାହୁଙ୍କ ଅଧକ୍ଷତାରେ ସନ୍ଧ୍ୟା ୬ ଘଟିକା ସମୟରେ ବିଶ୍ୱା ମାତୃଦିବସ ପାଳନ କରାଯାଇଥିଲା। ମା' ବିରଜା ଓ ଶ୍ରୀଜଗନ୍ନାଥଙ୍କ ଫଟୋ ଚିତ୍ରରେ ମୁଖ୍ୟ ଅତିଥି ପଣ୍ଡିତ ଭୂପତିଭୂଷଣ ମିଶ୍ର ମାଲ୍ୟାର୍ପଣ କରିବା ସହ ପ୍ରଦୀପ ପ୍ରଜ୍ୱଳନ କରିଥିଲେ। ମାତୃ ଜାତି ଚିର ବନ୍ଦନୀୟା ଓ ମା' ମାନଙ୍କର ଋଣ କେହି କେବେ ସୁଝି ପାରିବେ ନାହିଁ ବୋଲି ଦୃଢ଼ତାର ସହ ପଣ୍ଡିତ ଶ୍ରୀ ମିଶ୍ର ମତବ୍ୟକ୍ତ କରିଥିଲେ। ମୁଖ୍ୟବକ୍ତାଭାବେ ଅଧିକାରୀ ନବକିଶୋର ଦାସ ଯୋଗାଦେଇ ସତ୍ୟ, ଦ୍ୱାପର, ତ୍ରେତୟା ଏବଂ କଳିଯୁଗରେ ବିଶ୍ୱବିଦିତ ମହିୟସୀ ନାରୀ ମାନଙ୍କର ଉପାଖ୍ୟାନ ବର୍ଣ୍ଣନା କରିଥିଲେ। ମୁଖ୍ୟ ଉପଦେଷ୍ଟା ହୃଷୀକେଶ ପତି ଏବଂ ଉପଦେଷ୍ଟା ତପନ କୁମାର ମହାରଣ୍ୟ ଶର୍ମା ଓ ମନୋଜା ରାୟ, ସମ୍ମାନିତ ଅତିଥି ଭାବେ ଯୋଗଦେଇ ମାତୃଦିବସ ତାତ୍ପର୍ଯ୍ୟ ସଂପର୍କରେ ଆଲୋଚନା କରିଥିଲେ। ଏହି ଅବସରରେ ଦମୟନ୍ତୀ ସାହୁ, ସରସ୍ୱତୀ ପୃଷ୍ଟି ଏବଂ ଶାନ୍ତିଲତା ସାହୁ ପ୍ରମୁଖ ପୂଜା କରାଯିବା ସହ ସେମାନଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ପ୍ରଦାନ କରାଯାଇ ସଂବର୍ଦ୍ଧିତ କରାଯାଇଥିଲା। ସଂପାଦକ ବିଶ୍ୱଜିତ ସାହୁ ସଂପାଦକୀୟ ବିବରଣୀ ଅତିଥି ପରିଚୟ ଏବଂ ସଂଗୀତ ଗାନ କରିଥିଲେ। ଏହି ଉତ୍ସବରେ ରଶ୍ମିକାନ୍ତ ପରିଡ଼ା ଓ ରଂଜିତା ପରିଡ଼ା ନୂତନ ଭାବେ ଆହ୍ୱାନରେ ଯୋଗଦେଇ ଶୁଭକାମନା କରିଥିଲେ। ଏହି କାର୍ଯ୍ୟକ୍ରମରେ ରଞ୍ଜୁଶହା, ସୌମ୍ୟଜିତ ସାହୁ, ଜୟଦେବ ରାଉତ, ବୈଜୟନ୍ତୀ ବେହେର, ମହେଶ ମହାନ୍ତି, ସସ୍ମିତା ସାହୁ, ଶୁଭ୍ରଜିତ ସାହୁ, ରାଜେନ୍ଦ୍ର ସାହୁ ଓ ସାଇ ଓମ୍ ପ୍ରକାଶ ବେହେରା ପ୍ରମୁଖ ଯୋଗ ଦେଇଥିଲେ। ଶେଷରେ ସହ ସଂପାଦକ ଅକ୍ଷୟ ପୃଷ୍ଟି ଧନ୍ୟବାଦ ଦେଇଥିଲେ।

## ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ

ଖୋର୍ଦ୍ଧା (ପିଏନ୍)-ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ ହୋଇଯାଇଛି। ଫିଲିମରେ ତିନୋଟି ଗୀତ ରହିଥିବା ବେଳେ ଏଥିରେ ଡ଼କ୍ଟର ନିର୍ମଳ ନାୟକ ଓ ଅଭିଜିତ୍ ମଜୁମଦାରଙ୍କ ଜୋଡ଼ି ପୁଣି ଥରେ ଦେଖିବାକୁ ମିଳିବ। ଯେଉଁଥିରେ ଭାଉଜ ଓ ଭାଉଜ ଗୀତଟି ମାର୍କେଟରେ ଚହଳ ସୃଷ୍ଟି କରିବ ବୋଲି ଜୀ ସାର୍ଥକ ଆଶା ପ୍ରକଟ କରିଛି। ଏହି ଗୀତକୁ ନିଜେ ପପୁ ପମ୍‌ପମ୍ ଗାଇଥିବା ବେଳେ ତାଙ୍କ ସହ ଗାଇଛନ୍ତି ସ୍ମୃତି ସେହିପରି ଏକ ଦୋ ତିନି ଚାର, ଚାରିଆଡ଼େ ଦିଶୁଛି ମୋ ପ୍ୟାର। ଗୀତକୁ ଗାଇଛନ୍ତି ଅଭିଜିଦ ମଜୁମଦାର ଓ ସଂଜୁ। ଛାଡ଼ରେ ସାଙ୍ଗ ଗନ୍ଧିଆ କଥା ଗୀତକୁ ଈଶ୍ୱରୀ ଗାଇଛନ୍ତି। ସମସ୍ତ ଗୀତକୁ ଡ଼କ୍ଟର ନିର୍ମଳ ନାୟକ ଲେଖିଥିବା ବେଳେ ସଂଗୀତରେ ସଜାଇଛନ୍ତି ଅଭିଜିତ୍ ମଜୁମଦାର ସବୁତକ ଗୀତ ଦର୍ଶକଙ୍କ ମନକୁ ଛୁଇଁବ ବୋଲି ପୁରାଟିମ୍ ଆଶାବାଦୀ। ଆସନ୍ତା ୧୫ ତାରିଖ ସନ୍ଧ୍ୟା ୬ଟା ୩୦ମି.ରେ ଏହି ମୁଭିଟି ଜୀସାର୍ଥକରେ ରିଲିଜ ହେବ। କିନ୍ତୁ ତା ପୂର୍ବରୁ ଅଡ଼ିଓ ରିଲିଜ୍ କରିବାର ପରମ୍ପରା ଆରମ୍ଭ କରିଛି ଜୀ ସାର୍ଥକ। ଓଲିଉଡ଼ରେ ନୂଆ ମାଇଲ ଷ୍ଟୋନ ତିଆରି କରିପାରିଛି। ଜୀ ସାର୍ଥକ ଫିଲିମ୍ ଓ ଲିପ୍ସା ପ୍ରଡ଼କ୍ସନ ବ୍ୟାନରରେ ନିର୍ମାଣ ହେଉଛି ନୂଆ ସିନେମା ଡ଼ିଟେକ୍ଟିଭ୍ କରନ ଅର୍ଜୁନ ଏହି ଚଳଚିତ୍ରରେ ନୂଆ ଅବତାରରେ କମେଡ଼ି କିଂ ପପୁ ପମ୍‌ପମ୍‌କୁ ଦେଖିବାକୁ ମିଳିବ। ତାଙ୍କ ସହ ପ୍ରଜ୍ଞା ଖଟୁଆଙ୍କ ଦମ୍‌ଦାର ଅଭିନୟର ମଜା ପାଇବେ ଦର୍ଶକ। ଉଭୟ ପପୁ ଓ ପ୍ରଜ୍ଞା କରନ ଅର୍ଜୁନ ଭୂମିକାରେ ଅଭିନୟ କରୁଛନ୍ତି। ସେହିପରି ନାୟିକା ସାଜିଛନ୍ତି ଅଭିନେତ୍ରୀ ପ୍ରୀୟଙ୍କା ମହାନ୍ତି, ପ୍ରିୟଙ୍କା ମହାପାତ୍ର ଓ ଲିପସା ମିଶ୍ର ଅନ୍ୟମାନଙ୍କ ମଧ୍ୟରେ ଟୁକୁନା, ପ୍ରଜ୍ଞା ମହାନ୍ତି, ଜୀବନ ପଣ୍ଡା, କୁନା ତ୍ରୀପାଠୀ, ହାଡୁ, ଅରବିନ୍ଦ ଷଢଙ୍ଗୀ, ରାଜିବ, କାଳୀ, ମନୋଜ, ସୁଶା, ଦିଗ୍‌ବିଜୟ, ସୁମିତ ଓ ସଂଗ୍ରାମ ପ୍ରମୁଖ ଅଭିନୟ କରିଛନ୍ତି। ପପୁ ପମ୍‌ପମ୍ ନିଜେ ସିନେମାର କାହାଣୀ ଲେଖିଥିବା ବେଳେ ଅଶ୍ୱିନି ଗଡ଼ନାୟକ ନିର୍ଦ୍ଦେଶନା ଦେଇଛନ୍ତି। ଏହାର ସଂଳାପ ଲେଖିଛନ୍ତି ଟୁକୁନା। ଚଳଚିତ୍ରର କାହାଣୀ ସହ ସଂଗୀତ ମଧ ଲୋକାଦୃତ ହୋଇପାରିବ ବୋଲି ଜୀ ସାର୍ଥକ ପକ୍ଷରୁ ଆଶା ପ୍ରକଟ କରାଯାଇଛି।

# ମା' ରାମଚଣ୍ଡୀଙ୍କ ପୀଠରେ ହାଣ୍ଡିଭଙ୍ଗା ଯାତ



ପ୍ରାଚୀନ ଅର୍କକ୍ଷେତ୍ରର ରକ୍ଷାକର୍ତ୍ତ୍ରୀ ଅଷ୍ଟଚଣ୍ଡୀଙ୍କ ମଧରେ ମା' ରାମଚଣ୍ଡୀ ହେଉଛନ୍ତି ଶ୍ରେଷ୍ଠ ତଥା ଅଧିଷ୍ଠାତ୍ରୀ ଦେବୀ। ମା' ରାମଚଣ୍ଡୀଙ୍କ ଅବସ୍ଥିତି ଓ ମାହାତ୍ମ୍ୟ ସଂପର୍କରେ ମାଦଳା ପାଞ୍ଜି, ସାରଳା ମହାଭାରତ, ପ୍ରାଚୀ ମାହାତ୍ମ୍ୟ, ପୁରୁଷୋତ୍ତମ ମାହାତ୍ମ୍ୟ, ତଥା ବିଭିନ୍ନ ଐତିହାସିକ ବିବରଣୀରୁ ସୂଚନା ମିଳେ। ଏତଦ୍‌ବ୍ୟତିତ ଲୋକମୁଖରେ ମା'ଙ୍କ ସଂପର୍କରେ ଅନେକ କିମ୍ବଦନ୍ତୀ ମଧ ଶୁଣିବାକୁ ମିଳେ। ମା'ଙ୍କ ପୀଠରେ ବର୍ଷତମାମ ପାଳନ କରାଯାଉଥିବା ବିଭିନ୍ନ ପର୍ବପର୍ବାଣୀଗୁଡ଼ିକ ମଧରେ ଶ୍ରେଷ୍ଠ ଓ ନିଆରା ପର୍ବ ହେଉଛି ହାଣ୍ଡିଭଙ୍ଗା ଯାତ। ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ଏହି ପର୍ବ ପାଳନ କରାଯାଇଥାଏ। ଏହା ଓଡ଼ିଆଣୀ କୁଳବଧୁମାନଙ୍କର ଏକ ନିଆରା ପର୍ବ। କାହିଁ କେଉଁ କାଳରୁ ପୁରୁଷାନୁକ୍ରମେ ଖାଲକଟାପାଟଣା ଓ ଟିକନା ଗ୍ରାମର କୁଳବଧୂମାନେ ନିଜ ପରିବାରର ଶୁଭ ମନାସି ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତକୁ ମହାଆଡ଼ମ୍ବରରେ ପାଳନ କରିଥାନ୍ତି। ଘଞ୍ଚ ଜଙ୍ଗଲ ଓ ସମୁଦ୍ରକୂଳରେ ଏହି ଦୁଇଟି ଗ୍ରାମର ଅବସ୍ଥିତି ଥିବାରୁ ଜଙ୍ଗଲି ଜୀବଜନ୍ତୁଙ୍କ ଆକ୍ରମଣ ଓ ସମୁଦ୍ର ମାଡ଼ି ନ ଆସିବା ପାଇଁ ଗ୍ରାମର କୂଳବଧୂମାନେ ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗାଯାତକୁ



ପୁରୁଷାନୁକ୍ରମେ ପାଳନ କରି ଆଶୁଛନ୍ତି।

ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ମା'ଙ୍କ ପୀଠରେ ଏହି ନିଆରା ପର୍ବ ହାଣ୍ଡିଭଙ୍ଗା ଯାତ ଧୁମଧାମରେ ପାଳିତ ହୋଇଥାଏ। ମା'ଙ୍କ ପୀଠ ସଂଲଗ୍ନ ଟିକନା ଓ ଖାଲକଟାପାଟଣା ଗ୍ରାମର କୁଳବଧୂମାନେ ଏହି ପବିତ୍ର ଦିନରେ ଉପବାସ ବ୍ରତ ପାଳନ କରି ଏକତ୍ର ହୁଳହୁଳି ପକାଇ ଗ୍ରାମରୁ ବାହାରିଥାନ୍ତି। ମା' ରାମଚଣ୍ଡୀଙ୍କ ନିମନ୍ତେ କୁଳବଧୂମାନେ ଗାଧୁଆ ସଜ ଧରି ପବିତ୍ର ପୀଠରେ ପହଞ୍ଚିବା ପରେ ମା'ଙ୍କ ପୂଜକ ଗାଧୁଆ ନୀତି



ସମ୍ପନ୍ନ କରିଥାନ୍ତି। ପ୍ରତ୍ୟେକ ମହିଳା ପରିଧାନ କରିଥିବା ନୂଆ ଲୁଗା କାନିରେ ବାନ୍ଧି ଆଣିଥାନ୍ତି ହାଣ୍ଡିରନ୍ଧା ସାମଗ୍ରୀ। ମା'ଙ୍କ ମନ୍ଦିର ବେଢ଼ାର ପଶ୍ଚିମ ପାର୍ଶ୍ୱରେ ଥିବା ହାଣ୍ଡିରନ୍ଧା ଚୁଲାରେ ସମୂହ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ ହୋଇଥାଏ। ମନ୍ଦିରର ପୂଜକ ଓ ମାଳି ମା'ଙ୍କ ରୋଷଘର ଚୁଲାରୁ ଅଗ୍ନୀ ଆଣି ପ୍ରତ୍ୟେକ ମହିଳାଙ୍କ ଚୁଲିରେ ଅଗ୍ନୀ ସଂଯୋଗ କରିବା ସହିତ ଖୀରିକୋଲି ଡାଙ୍ଗରେ ପ୍ରସ୍ତୁତ ଚଟୁ ଯୋଗାଇ ଦେବାପରେ ମହିଳାମାନେ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ କରିଥାନ୍ତି। ମହିଳାମାନେ ଘରୁ ଆଣିଥିବା ଅରୁଆଚାଉଳ, ମୁଗ, ଚିନି, ଘିଅ ଓ ପରିବାକୁ ମିଶାଇ ନୂଆ ମାଟିହାଣ୍ଡିରେ ଖେଚୁଡ଼ି ପ୍ରସ୍ତୁତ କରିଥାନ୍ତି। ଏହି ସମୟରେ ମା'ଙ୍କ ରୋଷେଇଘରେ ପୂଜକ ମଧ ନୂଆ ମାଟିହାଣ୍ଡିରେ ଅନୁରୂପଭାବେ ଖେଚୁଡ଼ି ପ୍ରସ୍ତୁତ କରିବାପରେ ମା'ଙ୍କ ନିକଟରେ ଭୋଗ ଲଗାଇଥାନ୍ତି। ଏହାପରେ ହାଣ୍ଡିରନ୍ଧା ଖେଚୁଡ଼ିକୁ ପୂଜକ ଓ ମହିଳାମାନେ କଦଳୀ ପତ୍ରରେ ବାଢିଥାନ୍ତି। ଖେଚୁଡ଼ିର ସିଂହଭାଗ ଅଂଶକୁ ଦୁଇଟି ବାଟୁଳା କରି ବାଘ ଓ ବାଘୁଣୀଙ୍କ ନିମନ୍ତେ ହାଣ୍ଡିରେ ରଖିବା ପରେ ଅବଶିଷ୍ଟ ଖେଚୁଡ଼ିକୁ ସେବନ କରି ବଳକା ଖେଚୁଡ଼ି ହାଣ୍ଡିକୁ ଧରି ପୂଜକ ହାଣ୍ଡିଭଙ୍ଗା ବନ୍ତ ଅଭିମୁଖେ ଆଗେ ଆଗେ ଯିବା ବେଳେ ମହିଳାମାନେ ନିଜ ନିଜ ହାଣ୍ଡିକୁ ଧରି ନୀରବତା ଅବଲମ୍ବନ କରି ତାଙ୍କୁ ଅନୁସରଣ କରିଥାନ୍ତି। ମା'ଙ୍କ ମନ୍ଦିରର ପଶ୍ଚିମ-ଉତ୍ତର କୋଣର ୨୦୦ମିଟର ଦୂରରେ ଥିବା ହାଣ୍ଡିଭଙ୍ଗା ବନ୍ତରେ ପହଞ୍ଚି



ଏହି ବନ୍ତକୁ ସାତଥର ପ୍ରଦିକ୍ଷଣ କରିବା ପରେ ବନ୍ତ ଚୂଡ଼ାରେ ଥିବା ଶିଳା ଉପରେ ହାଣ୍ଡିକୁ କଚାଡ଼ି ଭାଙ୍ଗିଥାନ୍ତି। ଏହାପରେ ମହିଳାମାନେ ଏକମୁହାଁ ହୋଇ ୩୦୦ ମିଟର ଦୂରରେ ଥିବା ହାତଧୁଆ ଝରଣାରେ ହାତ ଧୋଇ



ଗ୍ରାମଦେବତୀ ଖାଲକୋଠୀଙ୍କୁ ମୁଣ୍ଡିଆମାରୀ ଘରକୁ ଫେରିଥାନ୍ତି। ଯେଉଁ ମହିଳାଙ୍କ ହାଣ୍ଡିର ମୁଣ୍ଡୁଳି ଭାଙ୍ଗିନଥାଏ ସଂପୃକ୍ତ ମହିଳା ନିଜ ପରିବାରରେ କୌଣସି ଅମଙ୍ଗଳ ନ ହେବା ପାଇଁ ରିଷ୍ଟ ଖଣ୍ଡନ ଉଦ୍ଦେଶ୍ୟରେ ଶୁକ୍ରବାର ପ୍ରତ୍ୟୁଷରେ ମା'ଙ୍କ ପାଖରେ ଗୁହାରିଆ ପଡ଼ିବାର ବିଧି ରହିଛି।

ଏହି ଅବସରରେ ବିଶ୍ୱ ଶାନ୍ତି ନିମନ୍ତେ ମା'ଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତର ଦୁଇଦିନ ପୂର୍ବରୁ ତ୍ରିଦିବସୀୟ ଚଣ୍ଡୀମହାଯଜ୍ଞ ଆୟୋଜିତ ହୋଇଥାଏ। ହାଣ୍ଡିଭଙ୍ଗା ଯାତ ଦିନ ପ୍ରତ୍ୟୁଷରେ ମା' ରାମଚଣ୍ଡୀଙ୍କୁ ମହାଲକ୍ଷ୍ମୀ ବେଶରେ ସଜାଯାଇ ପୂଜାର୍ଚ୍ଚନା କରାଯାଇଥାଏ। ସକାଳ ମଙ୍ଗଳ ଆଳତି ଓ ରାତିରେ ବଡ଼ସିଂହାର ଧୂପ ଆଳତିକୁ ମିଶାଇ ମାଆଙ୍କ ନିକଟରେ ମୋଟ ୫ ଥର ଆଳତି କରାଯାଇଥାଏ। ମା'ରାମଚଣ୍ଡୀଙ୍କର ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତକୁ ଦେଖିବା ପାଇଁ ଶ୍ରଦ୍ଧାଳୁଙ୍କ ଭିଡ ଦିନତମାମ ଲାଗିରହିଥାଏ। ଏହି ଅବସରରେ ଆୟୋଜକଙ୍କ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ସଭା ଅନୁଷ୍ଠିତ ହୋଇଥାଏ। ଏହି ସାଂସ୍କୃତିକ କାର୍ଯ୍ୟକ୍ରମକୁ ପର୍ଯ୍ୟଟନ ବିଭାଗ ସହାୟତାରେ ମା' ରାମଚଣ୍ଡୀ ଉନ୍ନୟନ କମିଟି, ମା' ରାମଚଣ୍ଡୀ ବଜାର କମିଟିର ସମସ୍ତ ସଦସ୍ୟ ପରିଚାଳନା କରିଥାନ୍ତି।

ଏଠାରେ ସୂଚନା ଥାଉକି ୨୦୧୯ ମସିହାରେ ସାମଦ୍ରିକ ଝଡ ଫନି ଓ ୨୦୨୦ ଏବଂ ୨୦୨୧ ମସିହାରେ ମହାମାରୀ କରୋନା ପାଇଁ ମା'ଙ୍କ ପୀଠରେ ଜାକଜମକରେ ପାଳନ ହୋଇପାରି ନଥିଲା ହଣ୍ଡିଭଙ୍ଗା ଯାତ। କେବଳ ପରମ୍ପରା ରକ୍ଷା କରାଯାଇଥିଲା। ଚଳିତ



ବର୍ଷ ୧୦ତାରିଖରୁ ଆରମ୍ଭ ହୋଇଥିବା ତ୍ରିଦିବସୀୟ ବିଶ୍ୱ ଶାନ୍ତି ମହାଯଜ୍ଞ ବୈଶାଖ ମାସ ଶେଷ ଗୁରୁବାର ୧୨ତାରିଖରେ ଉଦଯାପିତ ହେବ। ଏହି ଅବସରରେ ୧୦ତାରିଖରୁ ୧୨ତାରିଖ ପର୍ଯ୍ୟନ୍ତ ପ୍ରତ୍ୟେହ ସନ୍ଧ୍ୟା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ। ୧୦ ତାରିଖ ଚଣ୍ଡୀ ମହାଯଜ୍ଞ ଓ ସନ୍ଧ୍ୟା ୬ଟାରେ ଖାଲକଟାପାଟଣା ଗ୍ରାମର ମା' ଜାଗେଶ୍ୱରୀ ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ କରାଯିବ। ୧୧ ତାରିଖ ସନ୍ଧ୍ୟା ୬ଟାରେ କଟକ ବାଦାମବାଡିର ମା' ସାରଳା ଭଜନ ସନ୍ଧ୍ୟା ପକ୍ଷରୁ ଭଜନ ପରିବେଷଣ ଏବଂ ରାତ୍ର ୧୦ଟାରେ ନୟାଗଡ ବୁଢିଆଳିର ରଘୁନାଥ ଜିୟୁ ରାମନାଟ ସଂସଦ ପକ୍ଷରୁ ଲବକୁଶ ଜନ୍ମ



ପରିବେଷଣ କରାଯିବ। ୧୨ ତାରିଖ ଗୁରୁବାର ମା' ରାମଚଣ୍ଡୀଙ୍କ ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତ, ଚଣ୍ଡୀ ମହାଯଜ୍ଞର ପୂର୍ଣ୍ଣାହୁତି, ସନ୍ଧ୍ୟା ୬ଘଟିକା ମା' ଖଣ୍ଡୁଆଳି ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ, ସନ୍ଧ୍ୟା ୭ଟାରେ ଓଡିଶୀ ସଂକୀର୍ତ୍ତନ ପରିବେଷଣ, ରାତ୍ର ୮ଟାରେ ସାଧାରଣ ସଭା ଓ ରାତ୍ର ୯ଟାରେ



ନୟାଗଡ ପୁଆଣିଆର ମା' ବ୍ରହ୍ମଣ ଦେବୀ ରାମନାଟ ସଂସଦ ପକ୍ଷରୁ ଲକ୍ଷ୍ମଣ ଶକ୍ତି ଭେଦ ପରିବେଷଣ କରାଯିବାର କାର୍ଯ୍ୟକ୍ରମ ସ୍ଥିର ହୋଇଛି। ସୁବାସ ପ୍ରଧାନ, କାର୍ତ୍ତିକ ଚନ୍ଦ୍ର ବେହେରା, ଲୋକନାଥ ନାୟକ, ନରେନ୍ଦ୍ର ପରିଡା, ଚନ୍ଦନ ବେହେରା, ଅନିଲ ନାୟକ, ସଦାଶିବ



ନାୟକ, ରବିନ୍ଦ୍ର ଦାସ, ସନାତନ ବେହେରା, ପ୍ରକାଶ ବେହେରା, ରାମଚନ୍ଦ୍ର ନାୟକ, ସନାତନ ପ୍ରଧାନ ପ୍ରମୁଖ ଏହି କାର୍ଯ୍ୟକ୍ରମ ପରିଚାଳନା କରୁଛନ୍ତି।

DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com
TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Praggyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com

୨୭ତମ ପ୍ରତିଷ୍ଠା ଦିବସ ଅଭିନନ୍ଦନ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

Bhubaneswar Wednesday April 23 | ଭୁବନେଶ୍ୱର ବୁଧବାର, ୨୩, ୨୦୨୫ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com



## ପାରଳାର ବହୁ ପୁରାତନ ଚୈତନ୍ୟ ଅନୁଷ୍ଠାନ ଦ୍ୱାରା ସୁପ୍ରସିଦ୍ଧ ଗାୟକ ଘଣ୍ଟଶାଳାଙ୍କ ଆରାଧନା ଉତ୍ସବ ପାଳିତ






ପାରଳାଖେମୁଣ୍ଡି,(ପି.ଏନ):ଗଜପତି ଜିଲ୍ଲା ପାରଳାଖେମୁଣ୍ଡି ସହରର ବହୁ ପୁରାତନ କଳା ସାଂସ୍କୃତିକ ଚୈତନ୍ୟ ଅନୁଷ୍ଠାନ ତରଫରୁ ସୁପ୍ରସିଦ୍ଧ ତେଲୁଗୁ ଅମର ଗାୟକ ପଦ୍ମଶ୍ରୀ ଘଣ୍ଟଶାଳା ଆରାଧନା ଉତ୍ସବ ଗତକାଲି ସନ୍ଧ୍ୟାରେ ସ୍ଥାନୀୟ ବିଜୁ କଲ୍ୟାଣ ମଣ୍ଡପ ଥରେ ମହାସମାରୋହରେ ପାଳନ କରାଯାଇଛି. ଗତକାଲି ପୂର୍ବାହ୍ନରେ ଏହି ଅବସରରେ ଏକ ମାଗଣା ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଥିଲା.ଗଜପତି ଜିଲ୍ଲାପାଳ ବିଜୟ କୁମାର ଦାଶ ଏହି ଶିବିରକୁ ଉଦଘାଟନ କରିଥିଲେ. ବହୁ ଅଭିଜ୍ଞ ଡାକ୍ତରମାନଙ୍କ ଦ୍ୱାରା ୧୫୦ ରୁ ଉର୍ଦ୍ଧ ବିଭିନ୍ନ ବ୍ୟକ୍ତି ବିଶେଷଙ୍କୁ ଏହି ସ୍ୱାସ୍ଥ୍ୟ ଶିବିରରେ ବିଭିନ୍ନ ସ୍ୱାସ୍ଥ୍ୟ ସମ୍ବନ୍ଧୀୟ ପରୀକ୍ଷା କରାଯାଇ ମାଗଣା ଔଷଧ ପ୍ରଦାନ କରାଯାଇଥିଲା. ରଙ୍ଗାରଙ୍ଗ କାର୍ଯ୍ୟକ୍ରମ ମାଧମରେ ଗତକାଲି ସନ୍ଧ୍ୟାରେ ଘଣ୍ଟଶାଳା ଆରାଧନା ଉତ୍ସବ ଆରମ୍ଭ ହୋଇଥିଲା. ବରିଷ୍ଠ ଡାକ୍ତର ରହିମତୁଲାଙ୍କ ନେତୃତ୍ୱରେ ଆୟୋଜିତ ଏହି କାଯ୍ୟକ୍ରମରେ ପାରଳା ବିଧାୟକ ରୁପେଶ ପାଣିଗ୍ରାହୀ, ସେଞ୍ଚୁରିଆନ ବିଶ୍ୱ ବିଦ୍ୟାଳୟର ପ୍ରମୁଖ ଡି. ଏନ ରାଓ, ହଇଟେକ ଅଧକ୍ଷ ତିରୁପତି ପାଣିଗ୍ରାହୀ ପ୍ରମୁଖ ଅତିଥି ଭାବେ ଯୋଗଦେଇ ପଦ୍ମଶ୍ରୀ ଘଣ୍ଟଶାଳାଙ୍କ ସଙ୍ଗୀତ ଜୀବନୀ ଉପରେ ଆଲୋକପାତ କରିବା ସହ ତାଙ୍କ ରଚିତ ସୁମଧୁର ସଙ୍ଗୀତ ଯୋଗୁଁ ସେ ଅମର ଗାୟକ ହୋଇପାରିଛନ୍ତି। ସ୍ୱର୍ଗତ ଘଣ୍ଟଶାଳା କେବଳ ତେଲୁଗୁ ସଂଗୀତ ନୁହେଁ ହିନ୍ଦୀ, କନ୍ନଡ଼, ମାଲାୟଲମ, ତାମିଲ ଆଦି ଭାଷାରେ ଉଚ୍ଚ୍ଚକୋଟୀର ସଙ୍ଗୀତ ଗାନ କରି ସମସ୍ତଙ୍କ ହୃଦୟରେ ବେଶ ପରିଚିତ ଅଛନ୍ତି ବୋଲି ସେମାନେ କହିଥିଲେ. ଏହି ଅବସରରେ ବିଭିନ୍ନ ସଂସ୍କୃତିକ କାର୍ଯ୍ୟକ୍ରମ, ନୃତ୍ୟ ଆଦି ପ୍ରଦଶନ କରାଯାଇଥିଲା. ଚୈତନ୍ୟ ଅନୁଷ୍ଠାନର ସଭାପତି କେ. ଆନନ୍ଦ ରାଓ, ସମ୍ପାଦକ ବି. ଜନାର୍ଦନା ରାଓ, ଉପଦେଷ୍ଟା ଭି. ଏସଏନ ରାଜୁ ପ୍ରମୁଖ ଏହି କାର୍ଯ୍ୟକ୍ରମକୁ ପରିଚ଼ାଳନା କରିଥିଲେ. ଏହି ଆରାଧନା ଉତ୍ସବରେ ଆନ୍ଧ୍ରର ବହୁ ସଙ୍ଗୀତଜ୍ଞ, ନୃତ୍ୟଶିଳ୍ପୀଙ୍କ ସମେତ ପାରଳାର ବହୁ କଳାକାର ମଧ ନୃତ୍ୟ ପରିବେଷଣ କରିଥିଲେ।।

## ଜିଲ୍ଲାରେ ଉଦଘାଟିତ ହେଲା ଖେଲୋ ଇଣ୍ଡିଆ କେନ୍ଦ୍ର



ଜଗତସିଂହପୁର,(ପି ଏନ): ଆଜି ମଣି ଚ଼ରଣ ଶାରଳା ଏକାଡେମୀ, ତିର୍ତ୍ତୋଲ ଜଗତସିଂହପୁରଠାରେ ଖେଲୋ ଇଣ୍ଡିଆ କେନ୍ଦ୍ର ଖୋ - ଖୋ କୁ ମାନ୍ୟବର କ୍ରୀଡ଼ା ମନ୍ତ୍ରୀ ଶ୍ରୀଯୁକ୍ତ ସୂର୍ଯ୍ୟବଂଶୀ ସୂରଜଙ୍କ ଆଭାସି ମାଧମରେ ଶୁଭ ଉନ୍ମୋଚ଼ନ କରିଛନ୍ତି । ଜିଲ୍ଲାପାଳ ଙ୍କ କାର୍ଯ୍ୟାଳୟ ସ୍ଥିତ ଓସ୍ୱାନ୍ ଭିଡ଼ିଓ କନ୍ଫରେଂଶ ହଲ୍ ରେ ଆଭାସି ମାଧମରେ ଆଜି ଏହି କେନ୍ଦ୍ରର ଶୁଭ ଉଦଘାଟନ ହୋଇଛି ।ଏହି କାର୍ଯ୍ୟକ୍ରମରେ ଜଗତସିଂହପୁରର ଅତିରିକ୍ତ ଜିଲ୍ଲାପାଳ ଶ୍ରୀଯୁକ୍ତ ଜ୍ୟୋତି ଶଙ୍କର ରାୟ, ଜିଲ୍ଲା ଶିକ୍ଷଧିକାରୀ ନିରଂଜନ ବେହେରା, ଜିଲ୍ଲା କ୍ରୀଡ଼ା ଅଧିକାରିଣୀ ବିଶ୍ୱ ବିଜୟିନୀ ପଟ୍ଟନାୟକ, ବିଦ୍ୟାଳୟର ପ୍ରଧାନ ଶିକ୍ଷୟତ୍ରୀ, ଖୋ - ଖୋ ପ୍ରଶିକ୍ଷକ ଦେବେନ୍ଦ୍ର ନାଥ, ବିଦ୍ୟାଳୟର ଖୋ - ଖୋ ଛାତ୍ରଛାତ୍ରୀ ଓ ଅନ୍ୟ ସମସ୍ତ କର୍ମକର୍ତ୍ତା ଯୋଗ ଦେଇଥିଲେ।

## ଶ୍ରୀରାମଲୀଳା ଆଖଡ଼ାଶାଳରେ ବୃଷଭଙ୍କ ଆବିର୍ଭାବ !

ଫୁଲନଖରା :ଗ୍ରାମ ଦେବତୀ ଙ୍କ ପ୍ରାଙ୍ଗଣରେ ଚ଼ାଲିଥିଲା ଶ୍ରୀରାମଲୀଳା କାର୍ଯ୍ୟକ୍ରମ ର ରିହର୍ସଲ କ୍ଷ ଉପସ୍ଥିତ ଥାଆନ୍ତି କୋଡିଏ ରୁ ଉର୍ଦ୍ଧ କଳାକାର । ତବଲା ଆଉ ହକ୍ଷରମୋନିୟମ ବାଜୁଥାଏ । ଅଭିନୟ କରୁଥିବା କଳାକାରଙ୍କ ସଂଳାପର ଗର୍ଜ୍ଜନ ତର୍ଜ୍ଜନ ରେ ପ୍ରକମ୍ପିତ ହେଉଥାଏ ପରିବେଶ କ୍ଷ ନାଟ୍ୟ ନିର୍ଦେଶକ ଙ୍କ ନିର୍ଦେଶ ଅନୁସାରେ ଗୋଟିଏ ପରେ ଗୋଟିଏ ଦୃଶ୍ୟ ଅଭିନୀତ ହୋଇଚ଼ାଲିଥାଏ । ସମୟ ପ୍ରାୟ ରାତ୍ରି ଦଶଟା । ଠିକ ସେତିକି ବେଳେ କେଉଠିଥିଲା ଏକ ବୃଷଭ ଆସି ହକ୍ଷଜର ହୋଇଗଲା ଗ୍ରାମଦେବତୀ ପ୍ରାଙ୍ଗଣ ର ଦ୍ୱାର ଦେଶରେ କ୍ଷ ଉପସ୍ଥିତ ସମସ୍ତେ ଏହାକୁ ଏକ ସାମାନ୍ୟ ଘଟଣା ବୋଲି ଭାବିଥିଲେ । କିନ୍ତୁ ଦୀର୍ଘ ସମୟ ଧରି ବୃଷଭ ଟି ନିଜ ଆଗ ଗୋଡ଼ ଦୁଇଟି କୁ ଘର ର ପାହାଚ଼ ଉପରେ ରଖି ଏକ ଲୟରେ କଳାକାରମାନଙ୍କୁ ଚ଼ାହିଁବା ସହିତ ସଂଳାପଗୁଡିକୁ ମନ ଧାନ ଦେଇ ଶୁଣିବାର ଦେଖି ସମସ୍ତେ ତଟସ୍ଥ ହୋଇଯାଇଥିଲେ କ୍ଷ ସମସ୍ତଙ୍କୁ ଲାଗୁଥିଲା ସତେ ଯେମିତି ଦେବ ଦେବ ମହାଦେବ ନିଜ ଇଷ୍ଟ ଶ୍ରୀରାମ ଙ୍କର ଲୀଳା କୁ ସନ୍ଦର୍ଶନ କରିବାକୁ ପଳେଇ ଆସିଛନ୍ତି କି ଆଉ !ଏହିପରି ଏକ ଅଲୌକିକ ଘଟଣା ଟିଏ ଘଟିଯାଇଛି ସି ଏମ ସି ୫୯ ନମ୍ବର ଓ୍ୱାର୍ଡ ଅନ୍ତର୍ଗତ ତେଲେଙ୍ଗାପେଣ୍ଟସ୍ଥିତ ରାମନଗର ଗ୍ରାମରେ କ୍ଷ ଆଗକୁ ରାମଲୀଳା ହେବାକୁ ଥିବାରୁ ଗତକାଲି ଥିଲା ଗ୍ରାମର କଳାକାରମାନଙ୍କର ଅଭ୍ୟାସ କରିବାର ପ୍ରଥମ ଦିବସ । ନାଟ୍ୟ ଗୁରୁ ରାଧେଶ୍ୟମ ଜୁଝାରସିଂହ ଙ୍କୁ ପୂଜା ଅର୍ଚ୍ଚନା କରିବା ପରେ ଆରମ୍ଭ ହୋଇଥିଲା ଅଭ୍ୟାସ ର ପର୍ବ । କିଛି ଘଣ୍ଟା ପରେ ଘଟିଥିଲେ ଏହି ଘଟଣା ଟି କ୍ଷ କିଛି ସମୟ ରହିବା ପରେ ବୃଷଭ ଟି ନିଜ ବାଟରେ ଚୁପ ଚ଼ାପ ଘଟଣାସ୍ଥଳ ରୁ ଅପସରି ଯାଇଥିଲା । ପରେ ବୃଷଭଟିର ଆଉ ପତ୍ତା ମିଳି ନ ଥିଲା । ଏ ଦିବ୍ୟ ଘଟଣାକୁ ସାକ୍ଷାତରେ ଦେଖି ସବୁ କଳାକାରମାନେ ଭକ୍ତି ଭାବରେ ଜଡ଼ସଡ଼ ହୋଇଯାଇଥିବାର ଦେଖା ଯାଇଥିଲା ଗତ ୧୯ ବର୍ଷର ରାମଲୀଳା ଅଭିନୟ ଅଭ୍ୟାସ ସମୟରେ ଏପରି ଆଶ୍ଚର୍ଯ୍ୟଜନକ ଦୃଶ୍ୟ କେବେ ଦେଖିବାକୁ ମିଳି ନ ଥିଲା ବୋଲି ସୀତା ଙ୍କ ଭୂମିକାରେ ନିଖୁଣ ଅଭିନୟ କରୁଥିବା କଳାକାର ବିନୋଦ ବେହେରା ମତ ଦେଇଛନ୍ତି କ୍ଷ ପ୍ରଭୁଙ୍କ କାର୍ଯ୍ୟ କରିବା ପାଇଁ ମନ ଭିତରେ ପ୍ରେମ ଆଉ ନିଷ୍ଠା ରହିଲେ ଏଭଳି ଦିବ୍ୟ ଘଟଣା ଘଟିବା କିଛି ଅସମ୍ଭବ ନୁହେଁ ବୋଲି ଅଗ୍ରଣୀ ଆଧାତ୍ମିକ ପତ୍ରିକା ' ଦିବ୍ୟାଲୋକ ସନ୍ଧାନେ ' ର ସମ୍ପାଦକ ଶ୍ରୀସନ୍ନ୍ୟାସୀ ଜୀ ପ୍ରକାଶ କରିଛନ୍ତି ।

## ୭,୫୦୦ କୋଟି ଟଙ୍କାର ପାଣ୍ଠି ସଂଗ୍ରହକୁ ଆଇଡିଏଫସି ଫାଷ୍ଟ ବ୍ୟାଙ୍କ ବୋର୍ଡ ପକ୍ଷରୁ ମୂରି

ଭୁବନେଶ୍ୱର,(ପି.ଏନ): ଆଇଡିଏଫସି ଫାଷ୍ଟ ବ୍ୟାଙ୍କର ବୋର୍ଡ ଅଫ ଡାଇରେକ୍ଟର୍ସ ପକ୍ଷରୁ ଅନୁଷ୍ଠିତ ଏକ ବୈଠକରେ, ଓ୍ୱାର୍ବର୍ଗ ପିଙ୍କସ୍ ଏଲଏଲସିର ଅନୁବନ୍ଧିତ କମ୍ପାନୀ କୁରାଂଟ ସି ଇନଭେଷ୍ଟମେଂଟ ବିଭିକୁ ପ୍ରାୟ ୪,୮୭୬ କୋଟି ଟଙ୍କା ମୂଲ୍ୟର ଇକ୍ୱିଟି କ୍ୟାପିଟାଲ (ସିସିପିଏସ) ଏବଂ ଆବୁଧାବି ନିବେଶ କର୍ତ୍ତୃପକ୍ଷ (ଏଡିଆଇଏ)ର ଏକ ସମ୍ପୂର୍ଣ୍ଣ ମାଲିକାନାରେ ଥିବା ସହାୟକ ସଂସ୍ଥା, ପ୍ଲାଟିନମ୍ ଇନଭିକ୍ଟସ୍ ବି ୨୦୨୫ ଆରଏସସି ଲିମିଟେଡକୁ ପ୍ରାୟ ୨,୬୨୪ କୋଟି ଟଙ୍କାର ଅଗ୍ରାଧିକାର ପ୍ରଦାନ କୁ ଅନୁମୋଦନ କରାଯାଇଛି। ପ୍ରସ୍ତାବିତ ପ୍ରସଙ୍ଗଗୁଡ଼ିକ ଅଂଶୀଦାର ଏବଂ ନିୟାମକ ଅନୁମୋଦନ ଉପରେ ନିର୍ଭର କରୁଛି । ଗତ ଛଅ ବର୍ଷ ମଧ୍ୟରେ ଆଇଡିଏଫସି ଫାଷ୍ଟ ବ୍ୟାଙ୍କ ଭିତିଭୂମି କେନ୍ଦ୍ରିତ ଡିଏଫଆଇରୁ ଏକ ଆଧୁନିକ, ପ୍ରଯୁକ୍ତି ଭିତିକ, ସର୍ବଭାରତୀୟ, ସାର୍ବଜନୀନ ବ୍ୟାଙ୍କ ରେ ପରିଣତ ହେବାରେ ସଫଳ ପରିବର୍ତନ ଆଣିଛି । ଏହି ସମୟ ମଧ୍ୟରେ ଜମା ପରିମାଣ ୬ ଗୁଣ, ଋଣ ଓ ଅଗ୍ରୀମ ଦ୍ୱିଗୁଣିତ ହୋଇଛି ଏବଂ ସିଏଏସଏ ଅନୁପାତ ୮.୭%ରୁ ୪୭.୭%କୁ ଯଥେଷ୍ଟ ଉନ୍ନତ ହୋଇଛି। ପିଏଟି ଆଁଥିକ ବର୍ଷ ୨୦୧୯ରେ ୧,୯୪୪ କୋଟି ଟଙ୍କାର କ୍ଷତିରୁ ୨୦୨୪ ଆଁଥିକ ବର୍ଷରେ ୨,୯୫୭ କୋଟି ଟଙ୍କା ଲାଭରେ ପହଂଚିଛି। ଏହି ପାଣ୍ଠି ସଂଗ୍ରହ ଦ୍ୱାରା ସାମଗ୍ରିକ ପୁଁ ପର୍ଯ୍ୟାପ୍ତତା ୧୬.୧%ରୁ ୧୮.୯%କୁ ବୃଦ୍ଧି ପାଇବ(ଡିସେମ୍ବର ୩୧, ୨୦୨୪ ସୁଦ୍ଧା ବ୍ୟାଙ୍କର ପୁଁ ସ୍ଥିତି କୁ ହିସାବ କଲେ, ସିଇଟି-୧ ଅନୁପାତଯ୧୬.୫%ରେ ରହିଛି), ଯାହା ବ୍ୟାଙ୍କର ବାଲାନ୍ସ ସିଟକୁ ସୁଦୃଢ଼ କରିବ ଏବଂ ଏହାକୁ ଏକ ସୁଦୃଢ଼ ଏବଂ ଆତ୍ମନିର୍ଭରଶୀଳ ଲାଭଜନକ ଅଭିବୃଦ୍ଧି ପାଇଁ ଅବସ୍ଥାପିତ କରିବ । ଏସମ୍ପର୍କରେ ଆଇଡିଏଫସି ଫାଷ୍ଟ ବ୍ୟାଙ୍କର ପରିଚାଳନା ନିର୍ଦ୍ଦେଶକ ତଥା ସିଇଓ ଭି ବୈଦ୍ୟନାଥନ କହିଛନ୍ତି ଯେ, 'ଓ୍ୱାର୍ବର୍ଗ ପିଙ୍କସ କୁ ପୁଣି ପାଇବା ଏବଂ ଆମର ଅଂଶୀଦାର ଭାବରେ ଏଡିଆଇଏର ଏକ ସମ୍ପୂର୍ଣ୍ଣ ମାଲିକାନାରେ ଥିବା ସହାୟକ ସଂସ୍ଥାକୁ ସ୍ୱାଗତ କରି ଆମେ ଉତ୍ସାହିତ । ଆମେ ଉଭୟଙ୍କୁ ଧନ୍ୟବାଦ ଜଣାଉଛୁ ଯେ ସେମାନେ ଆମ ଉପରେ ଏବଂ ଆମର ଭବିଷ୍ୟତ ଅଭିବୃଦ୍ଧି ଯୋଜନା ଉପରେ ବିଶ୍ୱାସ ରଖିଛ୍ତି ଏବଂ ଅସ୍ଥିର ବୈଶ୍ୱିକ ପରିସ୍ଥିତିରେ ମଧ ଆମ ଉପରେ ପୁିନିବେଶ କରିଛଁ । ଆମର ବିଶ୍ୱାସ ଯେ କେବଳ ଗ୍ରାହକମାନଙ୍କ ଦ୍ୱାରା ପସନ୍ଦ କରାଯାଇଥିବା ଏକ ଶକ୍ତିଶାଳୀ, ସମ୍ମାନଜନକ ଫ୍ରାଂଚାଇଜ୍ ନିର୍ମାଣ କରି ଏବଂ ଦୃଢ଼ ୟୁନିଟ୍ ଅର୍ଥନୀତି ସମର୍ଥନରେ ଆମେ ଆମର ଅଂଶୀଦାରମାନଙ୍କୁ ସ୍ଥାୟୀ ଦୀର୍ଘମିଆଦୀ ରିଟର୍ଣ୍ଣ ପ୍ରଦାନ କରିବୁ ।'ଏସିଆ ପ୍ରାଇଭେଟ ଇକ୍ୱିଟି ର ମୁଖ୍ୟ ପରିଚାଳନା ନିର୍ଦ୍ଦେଶକ ତଥା ଓ୍ୱାର୍ବର୍ଗ ପିଙ୍କସର ଫାଇନାନ୍ସିଆଲ ସର୍ଭିସେସର ଗ୍ଲୋବାଲ କୋ-ହେଡ ବିଶାଲ ମହାଦେବିଆ କହିଛନ୍ତି ଯେ, 'ଅଭିବୃଦ୍ଧିର ପରବର୍ତୀ ପର୍ଯ୍ୟାୟ ଏବଂ ସ୍ଥାୟୀ ଆରଓଇ ଉନ୍ନତିକରଣକୁ ସମର୍ଥନ କରିବା ପାଇଁ ଆମେ ଆଇଡିଏଫସି ଫାଷ୍ଟ ବ୍ୟାଙ୍କ ଟିମ୍ ପଛରେ ପୁନଃ ନିବେଶ କରିବାକୁ ନେଇ ଉତ୍ସାହିତ।' ସେହିଭଳି ଏଡିଆଇଏର ଘରୋଇ ଇକ୍ୱିଟି ବିଭାଗର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ହମାଦ ଶାଓ୍ୱାନ ଅଲଧାହେରୀ କହିଛନ୍ତି, 'ଆଇଡିଏଫସି ଫାଷ୍ଟ ବ୍ୟାଙ୍କ ଏକ ଅଭିଜ୍ଞ ପରିଚାଳନା ଦଳ ସମର୍ଥିତ ଭାରତର ଅଗ୍ରଣୀ ଘରୋଇ କ୍ଷେତ୍ରର ବ୍ୟାଙ୍କ ଭାବରେ ନିଜକୁ ଦୃଢ଼ ଭାବରେ ପ୍ରତିଷ୍ଠିତ କରିଛି । ଏହି ପୁିନିବେଶର ଉଦ୍ଦେଶ୍ୟ ହେଉଛି ବ୍ୟାଙ୍କର ନିର'ର ଅଭିବୃଦ୍ଧିକୁ ସମର୍ଥନ କରିବା, ଯାହା ଦ୍ୱାରା ଏହା ଦେଶରେ ଆର୍ଥିକ ଉତ୍ପାଦର ବଢୁଥିବା ଚାହିଦାକୁ ପୂରଣ କରିବାରେ ସକ୍ଷମ ହେବ ।'

## ପାରାଦୀପ ପୋର୍ଟ ବଣିକ ସଂଘର ଜରୁରୀ ସାଧାରଣ ସଭା



ପାରାଦୀପ,(ପି.ଏନ): ପାରାଦୀପ ପୋର୍ଟ ବଣିକ ସଙ୍ଘ ର ଏକ ଜରୁରୀ ସାଧାରଣ ସଭା ବଡପଡ଼ିଆ ସ୍ଥିତ ସଙ୍ଘ କାର୍ଯ୍ୟାଳୟ ପରିସରରେ ରବିବାର ସକାଳେ ଅନୁଷ୍ଠିତ ହୋଇଯାଇଛି । ସଙ୍ଘ ର ସଭାପତି କ୍ଷୀରୋଦ କୁମାର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ସଭାରେ ୨କ୍ସ୨୩ ମସିହା ଅକ୍ଟୋବର ମାସ ଠାରୁ ପାରାଦୀପ ବନ୍ଦର କତୃପକ୍ଷ ସମସ୍ତ ଦୋକାନ ଗୃହ ଉପରେ ଅହେତୁକ ଭଡା ବୃଦ୍ଧି ପ୍ରତିବାଦରେ ବଣିକ ସଙ୍ଘ ଉଚ୍ଚ ନ୍ୟାୟାଳୟ ର ଦ୍ୱାରସ୍ତ ହୋଇଥିବା ଏବଂ ଏ ବିଷୟରେ ମାନ୍ୟବର ଅଦାଲତ ବ୍ୟବସାୟୀ ଙ୍କ ସପକ୍ଷରେ ଦେଇଥିବା ରାୟ ଉପରେ ଆଲୋଚ଼ନା ହୋଇଥିଲା । ହାଇକୋର୍ଟ ଙ୍କ ନିର୍ଦ୍ଦେଶ ଅନୁଯାୟୀ ପାରାଦୀପ ବନ୍ଦର ୬ ସପ୍ତାହ ମଧ୍ୟରେ ବ୍ୟବସାୟୀ ଙ୍କ ସମସ୍ୟା ସମାଧାନ କରିବା ସହିତ ଦୋକାନ ଗୃହ ମାନଙ୍କର ପୁରୁଣା ଭଡା ଆଧାରରେ ୫କ୍ସ ପ୍ରତିଶତ ଘର ଭଡା ପଇଠ କରିବେ ବୋଲି ସଂଘର ସମ୍ପାଦକ ଅମୀୟ କୁମାର ପାଣି ଉପସ୍ଥିତ ସମସ୍ତ ବ୍ୟବସାୟୀ ଙ୍କୁ ସୂଚ଼ନା ଦେଇଥିଲେ । ତେବେ ବଣିକ ସଂଘ ବ୍ୟବସାୟୀ ମାନଙ୍କ ଦୀର୍ଘ ଦିନର ସମସ୍ୟା ସମାଧାନ ହେବାକୁ ଯାଉଥିବାରୁ ନୂତନ ଭାବେ ସଂଘର ଦାୟିତ୍ୱ ନେଇଥିବା କର୍ମକର୍ତ୍ତା ଙ୍କ ପ୍ରଚେଷ୍ଟା କୁ ସାଧାରଣରେ ପ୍ରଶଂସା କରାଯାଇଛି କ୍ଷ ଏହି ସଭାରେ ବଣିକ ସଂଘର ମୁଖ୍ୟ ଉପଦେଷ୍ଟା ପ୍ରକାଶ ତ୍ରିପାଠୀ, ସଭାପତି କ୍ଷୀରୋଦ କୁମାର ସ୍ୱାଇଁ, ସମ୍ପାଦକ ଅମୀୟ କୁମାର ପାଣି,ସହ ସମ୍ପାଦକ ଶକ୍ତିକାନ୍ତ ଦାସ,କୋଷାଧ୍ୟକ୍ଷ ଶମ୍ଭୁନାଥ ଖୁଣ୍ଟିଆ,ତନ୍ମୟ ଦାସ,ଅଶୋକ ସାହୁ, ପ୍ରଶାନ୍ତ କୁମାର ପରିଡା, ମୁରଲୀ ରାଓ, ପ୍ରକାଶ ସାହୁ, ସତ୍ୟବ୍ରତ ନାୟକ, ପ୍ରକାଶ ନାୟକ ଙ୍କ ସମେତ ସମସ୍ତ ସହଯୋଗୀ କାର୍ଯ୍ୟକର୍ତ୍ତା ଓ କର୍ମୀ ଉପସ୍ଥିତ ଥିଲେ।




Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-7510 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-7515, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray